୨୭ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.248 Bhubaneswar Thursday November 14 2024 | ୨୭ତମ ବର୍ଷ ସଂଖ୍ୟା-୨୪୮ ଭୁବନେଶ୍ୱର, ଗୁରୁବାର, ନଭେମ୍ବର ୧୪, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹1.50 (Air Surcharge - 0.50P) Member-INS

# କ୍ୟାବିନେଟ୍ ନିଷ୍ପତ୍ତି: ସରକାରୀ ଚାକିରି ଚୟନ ପରୀକ୍ଷାରେ ସ୍ୱଚ୍ଛତା ପାଇଁ ନୂଆ ଆଇନ, ୫ବର୍ଷ ଜେଲ, ୧୦ଲକ୍ଷ ଜୋରିମାନା

ଭୁବନେଶ୍ୱର, ୧୩।୧୧(ପି.ଏନ): ରାଜ୍ୟ ସରକାରଙ୍କ ବିଭିନ୍ନ ନିଯୁକ୍ତି ଏଜେନ୍ସୀ ଦ୍ୱାରା ଆୟୋଜିତ ପରୀକ୍ଷାରେ ଅନିୟମିତତାକୁ ନେଇ ବାରମ୍ବାର ବିବାଦ ଦେଖାଦେବା ପରେ ମୋହନ ମାଝୀ ସରକାର କଠୋର ଆଭିମୁଖ୍ୟ ଆପଣାଇଛନ୍ତି । ଏଣିକି ପରୀକ୍ଷା ପ୍ରକ୍ରିୟାରେ ଅନିୟମିତତା କଲେ ଅପରାଧୀଙ୍କୁ ୩ରୁ ୫ବର୍ଷ ଜେଲଦଣ୍ଡ ସହ ୧୦ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଜୋରିମାନ ଦେବାକୁ ପଡିବ । ଏଥିପାଇଁ ଓଡିଶା ସାର୍ବଜନୀନ ପରୀକ୍ଷା(ଅନୁଚିତ୍ ସାଧନ ନିବାରଣ) ଆଇନ-୨୦୨୪କୁ ରାଜ୍ୟ କ୍ୟାବିନେଟ୍ ଅନୁମୋଦନ କରିଛନ୍ତି ।ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଆଜି ସନ୍ଧ୍ୟାରେ ରାଜ୍ୟ ଲୋକସେବା ଭବନରେ ଆୟୋଜିତ କ୍ୟାବିନେଟ୍ ବୈଠକରେ ମୋଟ ୮ଟି ପ୍ରସ୍ତାବକୁ ମଞ୍ଜୁରୀ ମିଳିଛି । ଏଥିରେ ମତ୍ସ୍ୟ ଓ ପଶୁସମ୍ପଦ ବିଭାଗର ୫ଟି, ସାଧାରଣ ପ୍ରଶାସନ ବିଭାଗର ଗୋଟିଏ ଓ ଜଳସମ୍ପଦ ବିଭାଗର ଗୋଟିଏ ଲେଖାଏଁ ପ୍ରସ୍ତାବ ରହିଥିବାବେଳେ ବିଧାନସଭା ଅଧିବେଶନ ଆହୂତ ପ୍ରସ୍ତାବକୁ ମଧ୍ୟ କ୍ୟାବିନେଟ୍ ଅନୁମୋଦନ ମିଳିଛି ।



ମୁଖ୍ୟ ସଚିବଙ୍କ କାର୍ଯ୍ୟାଳୟ ପକ୍ଷରୁ ଜାରି ସୂଚନା ଅନୁସାରେ, ରାଜ୍ୟ ସରକାରୀ ଚାକିରି ଚୟନ ପରୀକ୍ଷାରେ ପାରଦର୍ଶିତା ଆଣିବା ପାଇଁ 'ଓଡିଶା ସାର୍ବଜନୀନ ପରୀକ୍ଷା(ଅନୁଚିତ୍ ସାଧନ ନିବାରଣ) ଆଇନ-୨୦୨୪'କୁ ରାଜ୍ୟ କ୍ୟାବିନେଟ୍ ମଞ୍ଜୁରୀ ଦେଇଛନ୍ତି । ଓଡିଶା ଲୋକସେବା ଆୟୋଗ(ଓପିଏସସି), ଓଡିଶା ଷ୍ଟାଫ ସିଲେକ୍ସନ କମିଶନ, ଓଡିଶା ସବଅର୍ଡିନେଟ୍ ଷ୍ଟାଫ ସିଲେକ୍ସନ ଆୟୋଗ, ସର୍ଭିସ ସିଲେକ୍ସନ ବୋର୍ଡ, ଓଡିଶା ପୁଲିସ ସିଲେକ୍ସନ ବୋର୍ଡ, ଓଡିଶା ଶିକ୍ଷା(ରାଜ୍ୟ ପାଇଁ ସିଲେକ୍ସନ ବୋର୍ଡ) ରୁଲସ-୧୯୯୨, ଓଡିଶା ଜେଇଇ ସମେତ ରାଜ୍ୟ ସରକାରଙ୍କ ଦ୍ୱାରା ନିୟୋଜିତ କିମ୍ବା ଗଠିତ ଚୟନ କମିଟି/ଏଜେନ୍ସୀ ଏବଂ ରାଜ୍ୟ ସରକାରଙ୍କ ଦ୍ୱାରା ନିଯୁକ୍ତି ଏଜେନ୍ସୀ ଦ୍ୱାରା ପରିଚାଳିତ ସମସ୍ତ ସରକାରୀ ପରୀକ୍ଷା ପ୍ରକ୍ରିୟାକୁ ଅଧିକ ସ୍ୱଚ୍ଛ ଓ ପାରଦର୍ଶୀ କରିବାକୁ ଏହି ନୂଆ ଆଇନ ଅଣାଯାଇଛି । ଏହି ବିଲକୁ ଆସନ୍ତା ଶୀତ ଅଧିବେଶନରେ ବିଧାନସଭାରେ ପାରିତ କରିବାରକୁ ସରକାର ଲକ୍ଷ୍ୟ ରଖିଛନ୍ତି ।

## ଗମ୍ଭୀର-ପଣ୍ଟିଂ ବାକ୍ୟୁଦ୍ଧ: ସୋସିଆଲ ମିଡିଆରେ ଭାଇରାଲ

କୋଲକାତା, ୧୩।୧୧(ପି.ଏନ): ଅଷ୍ଟ୍ରେଲିଆ ଗସ୍ତ ପୂର୍ବରୁ ଗୌତମ ଗମ୍ଭୀର ଏକ ସାମ୍ବାଦିକ ସମ୍ମିଳନୀ କରିଥିଲେ। ଗମ୍ଭୀର ଅନେକ ବଡ଼ ପ୍ରଶ୍ନର ଉତ୍ତର ଦେଇଥିଲେ। ବିରାଟ କୋହଲିଙ୍କ ଉପରେ ରିକି ପଣ୍ଟିଂଙ୍କ ବିବୃତି ଉପରେ ଗମ୍ଭୀର ମଧ୍ୟ ତୀବ୍ର ପ୍ରତିକ୍ରିୟା ଦେଇଥିଲେ। ଭାରତୀୟ ମୁଖ୍ୟ ପ୍ରଶିକ୍ଷକ ସ୍ପଷ୍ଟ ଭାବେ କହିଥିଲେ ଯେ ଟିମ୍ ଇଣ୍ଡିଆ ସହିତ ପଣ୍ଟିଂଙ୍କର କ'ଣ ସମ୍ପର୍କ ଅଛି, ସେ ଅଷ୍ଟ୍ରେଲିଆ କ୍ରିକେଟ୍ ଉପରେ ଧ୍ୟାନ ଦେବା ଉଚିତ୍।ଗମ୍ଭୀରଙ୍କ ବକ୍ତବ୍ୟ ନେଇ ଚର୍ଚ୍ଚା ଆରମ୍ଭ ହୋଇଥିଲା। ଏବେ ଗମ୍ଭୀରଙ୍କ ବିବୃତି ନେଇ ପଣ୍ଟିଂ କଡା ପ୍ରତିକ୍ରିୟା ଦେଇଛନ୍ତି। ସେ ଗମ୍ଭୀରଙ୍କୁ ଜଣେ ଚିଡିଚିଡା ବ୍ୟକ୍ତି ବୋଲି କହିଛନ୍ତି।ବାସ୍ତବରେ ନ୍ୟୁଜିଲ୍ୟାଣ୍ଡ ସିରିଜରେ ଫ୍ଲପ୍ ହୋଇଥିବା ବିରାଟ କୋହଲିଙ୍କ ଖରାପ ଫର୍ମକୁ ନେଇ ରିକି ପଣ୍ଟିଂ ଉଦ୍‌ବେଗ ପ୍ରକାଶ କରିଥିଲେ। ଯେତେବେଳେ ପଣ୍ଟିଂଙ୍କ ବିବୃତି ସମ୍ପର୍କରେ ସାମ୍ବାଦିକ ସମ୍ମିଳନୀରେ ଗମ୍ଭୀରଙ୍କୁ ପଚରାଯାଇଥିଲା, ସେତେବେଳେ ଭାରତୀୟ ମୁଖ୍ୟ ପ୍ରଶିକ୍ଷକ ରାଗି ଯାଇଥିଲେ। ଗମ୍ଭୀର କହିଥିଲେ, ଭାରତୀୟ କ୍ରିକେଟ୍ ସହିତ ପଣ୍ଟିଂଙ୍କର କ'ଣ ସମ୍ପର୍କ ଅଛି? ସେ ଅଷ୍ଟ୍ରେଲିଆ କ୍ରିକେଟ୍ ବିଷୟରେ ଚିନ୍ତା କରନ୍ତୁ।ବିରାଟ କୋହଲି ଏବଂ ରୋହିତ ଶର୍ମା ବହୁତ ଶକ୍ତିଶାଳୀ। ଉଭୟ ଭାରତୀୟ କ୍ରିକେଟ୍ ପାଇଁ ବହୁତ କିଛି କରିଛନ୍ତି ଏବଂ ଭବିଷ୍ୟତରେ ମଧ୍ୟ ସେମାନେ ଚମତ୍କାର ପ୍ରଦର୍ଶନ କରିବେ। ଗମ୍ଭୀରଙ୍କ କଡା ପ୍ରତିକ୍ରିୟା ନେଇ ଚର୍ଚ୍ଚା ଆରମ୍ଭ ହୋଇଥିଲା। ତାଙ୍କ ବିବୃତି ନେଇ ସୋସିଆଲ ମିଡିଆରେ ଭିନ୍ନଭିନ୍ନ ପ୍ରତିକ୍ରିୟା ଦେଖିବାକୁ ମିଳିଥିଲା ।

## ନକ୍ସଲଙ୍କ ଯୋଗୁଁ ଭିଟାମାଟି ଛାଡି ବିସ୍ଥାପିତ ହୋଇଥିଲେ; ଏବେ ଗାଁକୁ ଫେରିଲେ

ମାଲକାନଗିରି, ୧୩।୧୧(ପି.ଏନ): ସୀମାନ୍ତ ଛତିଶଗଡର ନାରାୟଣପୁର ଜିଲ୍ଲାର ଗରପା ଗ୍ରାମରେ ନକ୍ସଲ ଉତ୍ପାତ ବ?ିବା ପରେ ୨୦୦୩ ମସିହାରେ ୪୦ଟି ପରିବାରର ଲୋକେ ଗାଁ ଛାଡିଦେଇଥିଲେ। ନକ୍ସଲଙ୍କ ଦ୍ୱାରା ବିସ୍ଥାପିତ ହେବା ପରେ ନାରାୟଣପୁର ଗୁଡରିପାରା ଠାରେ ରହୁଥିଲେ। ଗାଁରେ ପୁଲିସ ଜନସାଧାରଣଙ୍କ ସୁବିଧା, ସୁରକ୍ଷା ଶିବିର ପ୍ରତିଷ୍ଠା, ଏହି ଅଞ୍ଚଳରେ ନକ୍ସଲ ବିରୋଧୀ ଅଭିଯାନ ତଥା ସଡ଼କ ନିର୍ମାଣ କାର୍ଯ୍ୟ ଯୋଗୁଁ ନକ୍ସଲମାନେ ଗ୍ରାମରୁ ଦୂରେଇ ଯାଇଛନ୍ତି। ତେଣୁ ଗତ ୨୦ ବର୍ଷ ପୂର୍ବ ଗାଁରୁ ବିସ୍ଥାପିତ ହୋଇଥିବା ଲୋକମାନେ ଭୟଭୀତ ନହୋଇ ନିଜ ଗାଁ ଗରପାରେ ପହଞ୍ଚି ତାଙ୍କ ଗାଁର ଶିବ ମନ୍ଦିରରେ ପୂଜା କରିଥିଲେ।ପୁଲିସ କ୍ୟାମ୍ପ ଖୋଲିବା ସହ ଗରପା ଗାଁରେ ରାସ୍ତା ନିର୍ମାଣ ହେବା ଯୋଗୁଁ ଗରପା ଗାଁର ଗ୍ରାମବାସୀ ନକ୍ସଲଙ୍କ ଭୟ ଦୁର ହେବା ସହ ସ୍ୱାଧୀନତା ଉପରେ ବିଶ୍ୱାସ କରିଛନ୍ତି। ଏବେ ଗାଁର ଲୋକମାନେ ସୁରକ୍ଷା ବଳୟକୁ ନେଇ ଉତ୍ସାହିତ ଅଛନ୍ତି। ଧୀରେଧୀରେ ଗ୍ରାମବାସୀମାନେ ଗାଁକୁ ଫେରୁଛନ୍ତି। ଗାଁରେ ନିଜ ଘର ଦେଖିବା ସହ ନିଜ ପରିବାର ଏବଂ ଗ୍ରାମବାସୀଙ୍କୁ ଭେଟି ସେମାନେ ବହୁତ ଖୁସି ମନାଇଛନ୍ତି।

## କଳାକାରର ୩୯ତମ ବୋଇତ ବନ୍ଦାଣ ମହୋତ୍ସବ ଉଦଘାଟିତ

ଅନୁଗୁଳ, ୧୩।୧୧(ପି.ଏନ): ଅଗ୍ରଣୀ ସେବା ଓ ସାଂସ୍କୃତିକ ଅନୁଷ୍ଠାନ କଳାକାର ଦ୍ୱାରା ସ୍ଥାନୀୟ ସଭାଘର ଠାରେ ୩୯ ତମ ବୋଇତ ବନ୍ଦାଣ ମହୋତ୍ସବ ଓ ରାଜ୍ୟସ୍ତରୀୟ ପ୍ରତିଯୋଗିତା ଉଦଘାଟିତ ହୋଇ ଯାଇଛି । ଜିଲ୍ଲା ଓକିଲ ସଙ୍ଘ ସଭାପତି ଦିଲୀପ ସାହୁ ମୁଖ୍ୟ ଅତିଥି ଓ ଜିଲ୍ଲା ସଂସ୍କୃତି ଅଧିକାରୀ ଦୁଃଶାସନ ନାୟକ ସମ୍ମାନିତ ଅତିଥି ଭାବେ ଯୋଗ ଦେଇ କଳାକାରର ସଂସ୍କୃତି ପରମ୍ପରାର କୁ ବଜାୟ ରଖିବାର ଏହି ଉଦ୍ୟମ କୁ ପ୍ରଶଂସା କରିଥିଲେ । କଳାକାର ସଭାପତି ବୀରେନ୍ଦ୍ର କୁମାର ପ୍ରଧାନ ସ୍ୱାଗତ ଅଭିଭାଷଣ ରଖିଥିଲେ । କଳାକାରର ବରିଷ୍ଠ ସଦସ୍ୟ ଚୈତନ୍ୟ ସାହୁ, ପ୍ରତିଷ୍ଠାତା ସଭ୍ୟ ଶରତ ମାଝୀ, କି ବୋର୍ଡ଼ ବାଦକ ଯୋଗେଶ୍ୱର ଦାସଙ୍କ ବିୟୋଗ ରେ ଏକ ମିନିଟ ନିରବ ପ୍ରାଥନା କରାଯାଇଥିଲା ।କାର୍ଯ୍ୟକ୍ରମରେ ମୁଖ୍ୟ ଉପଦେଷ୍ଟା ଭୂପେଶ ଚନ୍ଦ୍ର ପ୍ରଧାନ, ଉପଦେଷ୍ଟା ଡ. କୃଷ୍ଣ ଚନ୍ଦ୍ର ଦାସ,କ୍ଷୀରୋଦ ପାତ୍ର, ଇନ୍ଦିରା ଦାସ ଉପସ୍ଥିତ ଥିଲେ ।ବିଚାରକ ଭାବେ ଓଡିଶୀ ନୃତ୍ୟଗୁରୁ ପିତାମ୍ବର ବିଶ୍ୱାଳ, ଓଡିଶୀ ସଂଗୀତ ଗୁରୁ ଜୀବନାନନ୍ଦ ବରାଳ, ଶାସ୍ତ୍ରୀୟ ବାଦ୍ୟ ଗୁରୁ ସୌମ୍ୟ ରଞ୍ଜନ ମହାନ୍ତି ଯୋଗଦେଇ ପ୍ରତିଯୋଗୀଙ୍କ ମୂଲ୍ୟାଙ୍କନ କରିଥିଲେ ।ଆଜି ଆୟୋଜିତ ରଙ୍ଗଭରୋ, ଚିତ୍ରାଙ୍କନ, ଓଡିଶୀ ନୃତ୍ୟ, ଲଘୁ ନୃତ୍ୟ ରେ ବିଭିନ୍ନ ଅନୁଷ୍ଠାନର ତିନିଶହରୁ ଅଧିକ ପ୍ରତିଯୋଗୀ ଅଂଶ ଗ୍ରହଣ କରିଥିଲେ ।ଡ ବୈରାଗୀ ଚରଣ ମଲ୍ଲିକ ମଞ୍ଚ ସଂଚାଳନ କରିଥିବା ବେଳେ ସମ୍ପାଦକ ବିଭୂତି ଭୂଷଣ ମହାପାତ୍ର ଧନ୍ୟବାଦ ଦେଇଥିଲେ। କଳାକର ପରିବାରର ସମସ୍ତ ସଦସ୍ୟଓ ସଦସ୍ୟା କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ ।



## ବଢ଼ିଲା ଓଲିଉଡ୍ କଳି: ମନୋଜଙ୍କ ଆରୋପର ଜବାବ ଦେଲେ ସବ୍ୟସାଚୀ ଓ ତାପସ

ଭୁବନେଶ୍ୱର, ୧୩।୧୧(ପି.ଏନ):ପୁଣି ଥରେ ବିବାଦରେ ଓଡିଆ ଫିଲ୍ମ ଅଭିନେତା ମନୋଜ ମିଶ୍ର। ତାଙ୍କ ତୁଣ୍ଡ ପାଇଁ ଆଜି ସେ ବିବାଦରେ। ତାଙ୍କ ନାଁରେ କଟକ ସାଇବର ଥାନାରେ ଏଫ୍ଆଇଆର୍ ହୋଇଛି। ଏଫ୍ଆଇଆର୍ ପରେ ଆଜି ମନୋଜ ମିଶ୍ର ଚିହିଁକି ଉଠିଛନ୍ତି। ଆଉ ସାମ୍ବାଦିକ ସମ୍ମିଳନୀ କରି ସବୁ ନିର୍ଦ୍ଦେଶକଙ୍କ ନାଁ ନେଇ ବର୍ଷିଛନ୍ତି। ଆଗକୁ ଖରାପ ଫିଲ୍ମ ବିରୋଧରେ କହିବି ବୋଲି ଚେନାବନୀ ଦେଇଛନ୍ତି। ମନୋଜ ମିଶ୍ରଙ୍କ ଆରୋପ ଜବାବ ଦେଇଛନ୍ତି ନିର୍ଦ୍ଦେଶକ ସବ୍ୟସାଚି ମହାପାତ୍ର ଓ ତାପସ ସରଘରିଆ।ମଙ୍ଗଳବାର ଓଡିଶା ଫିଲ୍ମ ଇଣ୍ଡଷ୍ଟ୍ରିର ପ୍ରାୟ ୪୦ ଜଣ ନିର୍ଦ୍ଦେଶକ ସାଇବର ଥାନାରେ ଅଭିନେତା ମନୋଜ ମିଶ୍ରଙ୍କ ବିରୋଧରେ ଅଭିଯୋଗ କରିଥିଲେ। ଅଭିଯୋଗ କରିବାର ପ୍ରାୟ ୨୪ ଘଣ୍ଟା ପରେ ଆଜି ସାମ୍ନାକୁ ଆସିଛନ୍ତି ମନୋଜ ମିଶ୍ର। ସାମ୍ବାଦିକ ସମ୍ମିଳନୀ କରି ଓଲିଉଡ୍‌ର ନିର୍ଦ୍ଦେଶକଙ୍କ ବିରୋଧରେ ବର୍ଷିଛନ୍ତି। ସେ କହିଛନ୍ତି, ସିନେମା ମୋ ବୋପାର ନୁହେଁ। ଏହା ଆମ ଓଡିଶାର। ସିନେମା ଆମ ଓଡିଶାର ଅସ୍ମିତା, ସଂସ୍କୃତିର ପରିଚୟ। ଆଗକୁ ଖରାପ ସିନେମା ହେଲେ ବିରୋଧରେ କରିବି। ମୁଁ ତ କହିବି, ତେଣିକି ଯାହା ବି ହୋଇଯାଉ। ମୁଁ ମୋ ପାଇଁ କହୁନି, ଆଗାମୀ ପିଢି ପାଇଁ ମୁଁ କହୁଛି। ଆଗାମୀ ପିଢ଼ି ଆମକୁ ଗାଳି ନଦେଉ, ସେଥିପାଇଁ ମୁଁ କହିବି। ନାଁ ନେଇ କିଛି ନିର୍ମାତା, ନିର୍ଦ୍ଦେଶକଙ୍କୁ ଟାର୍ଗେଟ କରିଛନ୍ତି ମନୋଜ ମିଶ୍ର।

## ସୁପ୍ରିମ୍ ନିର୍ଦ୍ଦେଶ: ଶରଦ ପାୱାରଙ୍କ ଫଟୋ ବ୍ୟବହାର କରିପାରିବେନି ଅଜିତ ପାୱାର ଗୋଷ୍ଠୀ

ଭୁବନେଶ୍ୱର, ୧୩।୧୧(ପି.ଏନ): ମହାରାଷ୍ଟ୍ରରେ ଆସନ୍ତା ସପ୍ତାହରେ ହେବାକୁ ଥିବା ବିଧାନସଭା ନିର୍ବାଚନ ପୂର୍ବରୁ ଅଜିତ ପାୱାରଙ୍କ ନେତୃତ୍ୱାଧୀନ ରାଷ୍ଟ୍ରବାଦୀ କଂଗ୍ରେସ ପାର୍ଟିକୁ ବଡ଼ ନିର୍ଦ୍ଦେଶ ଦେଇଛନ୍ତି ସୁପ୍ରିମକୋର୍ଟ। ପ୍ରଚାର ସମୟରେ ପାର୍ଟି ପ୍ରତିଷ୍ଠାତା ଶରଦ ପାୱାରଙ୍କ ଫଟୋ କିମ୍ବା ଭିଡିଓ ବ୍ୟବହାର ନକରିବାକୁ ଅଜିତ ପାୱାରଙ୍କ ଗୋଷ୍ଠୀକୁ ବୁଧବାର ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଅବିଭାଜିତ ଏନସିପିର 'ଘଡ଼ି' ଚିହ୍ନ ଉପରେ ଶୁଣାଣି ସମୟରେ ଜଷ୍ଟିସ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଉଜ୍ଜଳ ଭୂୟାଁଙ୍କ ଖଣ୍ଡପୀଠ ଏଭଳି ନିର୍ଦ୍ଦେଶ ଦେଇଛନ୍ତି।'ନିଜ ପାଦରେ ଛିଡ଼ା ହେବା ଶିଖ'ସୁପ୍ରିମକୋର୍ଟ କହିଛନ୍ତି ଯେ କୋର୍ଟକୁ ଭୁଲିଯାଅ, ନିର୍ବାଚନରେ ଧ୍ୟାନ ଦିଅ। ଅଦାଲତକୁ ତୁଚ୍ଛ ପ୍ରସଙ୍ଗ ଆଣ ନାହିଁ। ଏବେ ନିର୍ବାଚନରେ ଲୋକଙ୍କୁ ସେମାନଙ୍କ ନିଷ୍ପତ୍ତି ନେବାକୁ ଦିଅ। 'ଘଡ଼ି' ଚିହ୍ନ ବ୍ୟବହାରକୁ ନେଇ ଅଜିତ ପାୱାର ଶିବିରରୁ ଦିଆଯାଇଥିବା ସତ୍ୟପାଠକୁ ମଧ୍ୟ ସୁପ୍ରିମକୋର୍ଟ ରେକର୍ଡକୁ ନେଇଛନ୍ତି। ସୁପ୍ରିମକୋର୍ଟ ଅଜିତ ପାୱାରଙ୍କୁ କହିଛନ୍ତି ଯେ, ଥରେ ଆପଣ ଶରଦ ପାୱାରଙ୍କଠାରୁ ଅଲଗା ହୋଇଗଲେ, ଏବେ ତାଙ୍କ ନାମ, ଫଟୋ କିମ୍ବା ଭିଡିଓ ବ୍ୟବହାର କରିବା ବନ୍ଦ କରନ୍ତୁ। ବର୍ତ୍ତମାନ ନିଜ ଗୋଡ଼ରେ ଛିଡ଼ା ହେବା ଶିଖନ୍ତୁ।ଆଜିର ଶୁଣାଣି ପୂର୍ବରୁ ଅଜିତ ପାୱାର ସୁପ୍ରିମକୋର୍ଟରେ ଏକ ଅନୁପାଳନ ସତ୍ୟପାଠ ଦାଖଲ କରିଥିଲେ। ଏଥିରେ କୋର୍ଟଙ୍କ ପୂର୍ବ ନିର୍ଦ୍ଦେଶାନୁସାରେ 'ଘଡ଼ି' ଚିହ୍ନ ବ୍ୟବହାରକୁ ନେଇ ସେ ଖବରକାଗଜରେ ସ୍ପଷ୍ଟୀକରଣ ପ୍ରକାଶ କରିଥିବା ଦର୍ଶାଇଛନ୍ତି। ଯାହା ୭ ମରାଠୀ, ୨ ହିନ୍ଦୀ ଏବଂ ୨ ଇଂରାଜୀ ଖବରକାଗଜରେ ପ୍ରକାଶିତ ହୋଇଛି। ଗତ ଶୁଣାଣିରେ ସୁପ୍ରିମକୋର୍ଟ ଅଜିତ ପାୱାରଙ୍କୁ କହିଥିଲେ ଯେ ଉଲ୍ଲଂଘନ କୋର୍ଟର ଅବମାନନା ହେବ। ଯେଉଁଥିପାଇଁ ୩୬ ଘଣ୍ଟାର ଅଲ୍ଟିମେଟମ୍ ଜାରି କରାଯାଇଥିଲା।










# ଟି ଟାଇମ୍



## ଜୋକ୍ସ

ଚିଣ୍ଟୁ-ବାପା କାଲି ଆମ ସ୍କୁଲକୁ ଯିବ, ଗୋଟେ ଛୋଟିଆ ଗେଟ ଟୁଗେଦର ଅଛି
ବାପା-କିଏ କିଏ ଆସୁଛନ୍ତି ?
ଚିଣ୍ଟୁ-କେହି ନୁହେଁ, ମୁଁ ତମେ ଆଉ ପ୍ରିନ୍ସପାଲ।

ହରି-ମୁଁ ଯେତେବେଳେ ଏଠାକୁ ଆସିଲି ଖାଲି ପାଦରେ ଆସିଥିଲି ।
ଶାମ- ମୁଁ ତ ଖାଲି ଦେହରେ ଆସିଥିଲି।
ହରି-କିପରି ?
ଶାମ- ମୁଁ ପରା ଏଇଠି ଜନ୍ମ ହୋଇଛି ।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

# ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ପୁରାଣ କାହାଣୀ

# ରାମାୟଣ ଆଦ୍ୟକାଣ୍ଡ



ସରଜୁ ନଦୀ କୂଳରେ ଅବସ୍ଥିତ ଅଯୋଧ୍ୟା ନଗରୀ ହେଉଛି କୋଶଳ ରାଜ୍ୟର ରାଜଧାନୀ। କୋଶଳ ନରେଶ ରାଜା ଦଶରଥଙ୍କ ରାଜୁତ କାଳରେ ପ୍ରଜାମାନେ ଅତ୍ୟନ୍ତ ସୁଖରେ କାଳାତିପାତ କରୁଥିଲେ। ରାଜା ଦଶରଥଙ୍କ ତିନି ରାଣୀ ଥିଲେ କୌଶଲ୍ୟା, କୈକେୟୀ ଏବଂ ସୁମିତ୍ରା। ମାତ୍ର ବହୁ ଦିନ ଧରି ରାଜା ଅପୁତ୍ରୀକ ଥିଲେ। ତେଣୁ ଋଷି ବଶିଷ୍ଠଙ୍କ ପରାମର୍ଶ କ୍ରମେ ଋଶ୍ୟଶୃଙ୍ଗ ମୁନୀଙ୍କୁ ନିମନ୍ତ୍ରଣ କରି ତାଙ୍କରି ଦ୍ୱାରା ରାଜା ପୁତ୍ରଷ୍ଟି ଯଜ୍ଞର ଆୟୋଜନ କଲେ। ଯଜ୍ଞର ଫଳର ସ୍ୱରୁପ ପ୍ରଥମେ ରାଣୀ କୌଶଲ୍ୟାଙ୍କ ଗର୍ଭରୁ ରାମ, ରାଣୀ କୈକେୟୀଙ୍କ ଗର୍ଭରୁ ଭରତ ଏବଂ ସୁମିତ୍ରାଙ୍କ ଗର୍ଭରେ ଲକ୍ଷ୍ମଣ ଓ ଶତୃଘ୍ନ ଜନ୍ମ ନେଲେ। ପୁରାଣ କହେ, ରାକ୍ଷାସ ରୂପି ରାବଣ ଦେବଗଣଙ୍କୁ ଅତ୍ୟାଚାର କରୁଥିଲା ଏବଂ ରାବଣର ମୃତ୍ୟୁ ମାନବାତାର ରାମଙ୍କ ଦ୍ୱାରା ନିଶ୍ଚିତ ଥିଲା। ତେଣୁ ରାବଣ ବଦ୍ଧ ନିମନ୍ତେ ମର୍ତ୍ତ୍ୟରେ ମାନବ ଅବତାର ଧାରଣ କରିବାକୁ ଭଗବାନ ବି୍ଣୁ ଇଚ୍ଛା ପ୍ରକଟ କରନେତ୍ ତାଙ୍କରି ଅଂଶରୁ ଭଗବାନଙ୍କ ଗୁଣ ସମ୍ପନ୍ନ ଚାରିପୁଅ ଦଶରଥଙ୍କ କୋଳରେ ଜନ୍ମ ଗ୍ରହଣ କରିଥିଲେ। ସମୟ କ୍ରମେ ଚାରିପୁଅ ଶାସ୍ତ୍ର ବିଦ୍ୟା ଅଧ୍ୟୟନ ସହ ଶାସ୍ତ୍ର ବିଦ୍ୟାରେ ନିପୁଣତା ହାସଲ କଲେ। ରାମଙ୍କୁ ହୋଇଥାଏ ୧୬ ବର୍ଷ ବୟସ। ଋଷି ବିଶ୍ୱାମିତ୍ର ଦିନେ ରାଜା ଦଶରଥଙ୍କ ଦରବାରକୁ ଆସିଲେ। ବଣରେ ଯଜ୍ଞ ନଷ୍ଟ କରୁଥିବା ଅସୁର ଗଣଙ୍କୁ ନିପାତ କରିବା ପାଇଁ ସହାୟତା ସ୍ୱରୂପ ସେ ରାଜା ଦଶରଥଙ୍କୁ ପୁତ୍ର ରାମଙ୍କୁ ମାଗିଲେ। ଭ୍ରାତା ଲକ୍ଷ୍ମଣ ରାମଙ୍କୁ ଅନୁସରଣ କରିବାକୁ ଇଚ୍ଛା ପ୍ରକଟ କରନ୍ତେ ରାଜାଙ୍କ ସମ୍ମତି କ୍ରମେ ଋଷି ରାମ ଓ ଲକ୍ଷ୍ମଣଙ୍କୁ ଧରି ବରକୁ ଚାଲିଲେ। ସମୟ କ୍ରମେ ରାମ ଓ ଲକ୍ଷ୍ମଣ ଋଷି ମିଶ୍ୱାମିତ୍ରଙ୍କଠାରୁ ବହୁ ଶସ୍ତ୍ର ବିଦ୍ୟା ସହିତ ବିଭିନ୍ନ ଦୈବୀ ଅସ୍ତ୍ର ମଧ୍ୟ ଲାଭ କଲେ ଓ ଋଷିଙ୍କ ହୋମରେ ବିଘ୍ନ ସୃଷ୍ଟି କରୁଥିବା ତାଡକା ଅସୁରୁଣୀ ସହିତ ଅନ୍ୟାନ୍ୟ ଅସୁରମାନଙ୍କୁ ବଦ୍ଧ କଲେ।

# ଗରିବରୁ ହେଲେ ଧନୀ

ଗରିବ ଚାଷୀ ପରିବାରରେ ଜନ୍ମ ହୋଇଥିଲା ତାଙ୍କର। ମାତ୍ର ନିଜର ଦୃଢଇଚ୍ଛା ଶକ୍ତି ଓ ପରିଶ୍ରମ ବଳରେ ସେ ଆଜି ପାଇଛନ୍ତି ସଫଳତା। କୌଣସି ଡିଗ୍ରୀ ନଥାଇ ମଧ୍ୟ ସେ ଆଜି ସଫଳ ଉଦେଣ୍ୟାଗପତି। ପ୍ରତିଷ୍ଠା କରିଛନ୍ତି ଏୟାରଲାଇନ କମ୍ପାନୀ। ଯାହାଦ୍ୱାରା ତାଙ୍କ ଅଞ୍ଚଳରେ ଜମୁଛି ପର୍ଯଣ୍ୟଟକଙ୍କ ଭିଡ। ଏହି ଉଦେଣ୍ୟାଗପତି ଜଣକ ହେଉଛନ୍ତି ବୁଦ୍ଧିପ୍ରକାଶ ଠାକୁର। ହିମାଚଳ ପ୍ରଦେଶ କୁଲୁ ଜିଲ୍ଲାର ଖାକନାଲ ଗ୍ରାମରେ ଏକ ଚାଷୀ ପରିବାରରେ ଜନ୍ମ ହୋଇଥିଲା ବୁଦ୍ଧି ପ୍ରକାଶଙ୍କର। ତାଙ୍କ ବାପା ନିଜ ଅଧିନରେ ଥିବା କିଛି ଜମି ଚାଷ କରି ପରିବାର ପ୍ରତିପୋଷଣ କରୁଥିଲେ। ନିଜେ ଅଶିକ୍ଷିତ ହେଲେ ମଧ୍ୟ ପିଲାମାନଙ୍କୁ ପାଠପଢାର ସୁଯୋଗ ଦେଇଥିଲେ ତାଙ୍କ ବାପା। ଯାହାଦ୍ୱାରା ବୁଦ୍ଧି ପ୍ରକାଶ ଓ ତାଙ୍କ ଦୁଇ ଭାଇ ଗ୍ରାମର ଏକ ସରକାରୀ ସ୍କୁଲରେ ପାଠପଢୁଥିଲେ। ପାଠପଢା ସହ ମଧ୍ୟ ବୁଦ୍ଧି ପ୍ରକାଶ ତାଙ୍କ ବାପାଙ୍କୁ ଚାଷ କାର୍ଯଣ୍ୟରେ ସାହାଯଣ୍ୟ କରୁଥିଲେ। ସ୍କୁଲ ଶେଷ କରିବା ପରେ ବୁଦ୍ଧି ଉଚ୍ଚ ଶିକ୍ଷା ପାଇଁ ଚାଲିଯାଇଥିଲେ ଚଣ୍ଡିଗଡ।



ସେଠାରେ ଯୁକ୍ତ ଦୁଇ ଶେଷ କରିବା ପରେ ଚଣ୍ଡିଗଡ ବିଶ୍ୱବିଦଣ୍ୟାଳୟରେ ସ୍ନାତକରେ ନାମ ଲେଖାଇଥିଲେ। ନାମ ସିନା ଲେଖାଇଦେଲେ କିନ୍ତୁ ପଢା ଶେଷ କରିପାରିଲେ ନାହିଁ। ପରିବାରର ଆର୍ଥିକ ଅବସ୍ଥା ତାଙ୍କୁ ଆଗକୁ ପଢିବା ପାଇଁ ଦେଇନଥିଲା ଏବଂ ସେ ଫେରି ଆସିଥିଲେ ଗ୍ରାମକୁ। ବାପାଙ୍କ ସହ ମିଶି ଆରମ୍ଭ କଲେ ସେଓ ଚାଷ। ଯାହାକି ଧୀରେ ଧୀରେ କରି ବୃଦ୍ଧି ପାଇଥିଲା। ନିଜ ଅଞ୍ଚଳ ବଣ୍ୟତୀତ ଅନଣ୍ୟ ରାଜଣ୍ୟରେ ବିକ୍ରି କରିବା ଆରମ୍ଭ କରିଥିଲେ ସେମାନେ। ଯାହାଦ୍ୱାରା ପରିବାରର ଆର୍ଥିକ ଅବସ୍ଥାରେ କିଛିମାତ୍ରାରେ ସୁଧାର ଆସିଥିଲା। ମନାଲିଠାରୁ ମାତ୍ର ୯କିଲୋମିଟର ଦୂରରେ ଥିବା ତାଙ୍କ ଗ୍ରାମକୁ ଭ୍ରମଣ ଋତୁରେ ଅନେକ ସଂଖଣ୍ୟାରେ ପର୍ଯଣ୍ୟଟକଙ୍କ ଭିଡ ଲାଗିଥାଏ। ବର୍ଷକୁ ବର୍ଷ ପର୍ଯଣ୍ୟଟକଙ୍କ ବର୍ଦ୍ଧିତ ସଂଖଣ୍ୟାକୁ ଦୃଷ୍ଟିରେ ରଖି ବୁଦ୍ଧିପ୍ରକାଶ ଓ ତାଙ୍କ ବାପା ନିଜ ଗ୍ରାମରେ ଏକ ପାଞ୍ଚ ରୁମ ବିଶିଷ୍ଟ ଯାତ୍ରୀ ନିବାସ ନିର୍ମାଣ କରିଥିଲେ। ଏହାର ପ୍ରାୟ ୬ବର୍ଷ ପରେ ତାଙ୍କର ଏହି ଯାତ୍ରୀ ନିବାସ ସାର୍ଥକ ରିସୋର୍ଟରେ ପରିବର୍ତ୍ତିତ ହୋଇଥିଲା। ୫ଟି ରୁମ ବଦଳରେ ୬୫ଟି ରୁମ ରହିଲା। ରିସୋର୍ଟ ଭଲ ଚାଲିବା ସହ ତାଙ୍କ ପରିବାରର ଆର୍ଥିକ ଅବସ୍ଥାରେ ମଧ୍ୟ ବହୁ ସୁଧାର ଆସିଥିଲା। ଧୀରେ ଧୀରେ କରି ବୁଦ୍ଧିପ୍ରକାଶ ମନାଲି ର ପ୍ରତି ଅଞ୍ଚଳରେ ଜଣେ ସମ୍ମାନସ୍ପଦ ହୋଟେଲ ମାଲିକ ଭାବେ ପରିଚିତ ହୋଇଗଲେ। ବିଭିନ୍ନ ଟୁରିଜିମ କମ୍ପାନୀ ମାନଙ୍କ ସହ କାର୍ଯଣ୍ୟ କରିବାର କିଛିବର୍ଷ ପରେ ସେ ହିମାଳୟ ହଲିଡେଜ ନାମରେ ନିଜର ଏକ କମ୍ପାନୀ ଆରମ୍ଭ କରିଥିଲେ। ଏହି କମ୍ପାନୀ ପର୍ଯଣ୍ୟଟକ ମାନଙ୍କୁ ସେମାନଙ୍କୁ ଇଚ୍ଛା ଓ ବଜେଟ ଅନୁଯାୟୀ ସ୍ଥାନକୁ ବୁଲାଇନେଲା। ମାତ୍ର ଏତିକିରେ ତାଙ୍କ ମନଭରି ନଥିଲା। ସେ ଚାହୁଁଥିଲେ କି ଅଧିକରୁ ଅଧିକ ପର୍ଯଣ୍ୟଟକ ମନାଲି ଆସିବା ସହ ତାଙ୍କ ଗ୍ରାମକୁ ମଧ୍ୟ ଆସନ୍ତୁ। କିନ୍ତୁ ଏଥିରେ ବାଧା ସାଜୁଥିଲା ଗମନାଗମନ। ମନାଲିକୁ ସିଧାସଳଖ ଟ୍ରେନ କିମ୍ବା ବିମାନ ଯାଉନଥିଲା ଏବଂ ବସରେ ଯିବା ପର୍ଯଣ୍ୟଟକଙ୍କ ପାଇଁ ବିପଦଜ୍ଜନକ ହେଉଥିଲା। ଏହି ଅସୁବିଧା ସବୁକୁ ଦୂର କରିବା ପାଇଁ ବୁଦ୍ଧିପ୍ରକାଶ ହିମାଳୟ ହଲିଡେଜ କମ୍ପାନୀ ଅଧିନରେ ଆରମ୍ଭ କଲେ ଏୟାର ହିମାଳୟ ନାମରେ କମ୍ପାନୀ। ନିଜ ସଞ୍ଚିତ ଅର୍ଥ ଓ ବଣ୍ୟାଙ୍କରୁ ଋଣ କରି ନିଜ ଅଞ୍ଚଳରେ ପ୍ରତିଷ୍ଠା କଲେ ଏହି ପ୍ରଥମ ଘରୋଇ ବିମାନ ଚଳାଚଳ କମ୍ପାନୀ। ୨୦୧୪ ଅପ୍ରେଲରେ ଅନଣ୍ୟ ଏକ କମ୍ପାନୀ ଠାରୁ ୯ଟି ସିଟ ଥିବା ଏକ ବିମାନ ଭଡାରେ ଆଣି ଚଣ୍ଡିଗଡ ଠାରୁ କୁଲୁ ରୁଟରେ ଚଳାଇଥିଲେ। ପର୍ଯଣ୍ୟଟକଙ୍କ ଭିଡକୁ ଲକ୍ଷଣ୍ୟ କରି ବିମାନକୁ ଦିନରେ ଦୁଇରୁ ତିନି ଥର ଚଳାଯାଇଥିଲା। କିନ୍ତୁ ୨୦୧୫ ବୁଦ୍ଧିପ୍ରକାଶଙ୍କ ପାଇଁ ଖରାପ ସମୟ ଆଣିଥିଲା। କମ୍ପାନୀ ପ୍ରତିଷ୍ଠା ସମୟରେ ଜଣେ ସହଯୋଗୀ ହାତ ଛାଡି ଦେଇଥିବାରୁ ଏକାକୀ ବୁଦ୍ଧିଙ୍କୁ ସମସ୍ତ କାର୍ଯଣ୍ୟ ସମ୍ଭାଳିବାକୁ ପଡିଥିଲା। ଆର୍ଥିକ ସଙ୍କଟ ଯୋଗୁଁ ବଣ୍ୟବସାୟରେ ମାନ୍ଦାବସ୍ଥା ଆସିଥିଲା। ତଥାପି ମଧ୍ୟ ବୁଦ୍ଧି ହାର ମାନିନଥିଲେ। ତାଙ୍କର ନିଷ୍ଠା ଆଜି ବି ଏୟାର ହିମାଳୟକୁ ଭାଙ୍ଗିବାକୁ ଦେଇନାହିଁ। ବୁଦ୍ଧିପ୍ରକାଶଙ୍କ କହିବାନୁଯାୟୀ, ରାସ୍ତା କଠିନ ହୋଇଥିଲେ ମଧ୍ୟ ମୁଁ ମୋ ସ୍ୱପ୍ନ ପୂରଣ କରିବାରୁ ବିଚୁଣ୍ୟତି ହେବି ନାହିଁ।

# ବିହାରରେ ହେବ ବିଶ୍ୱର ସବୁଠାରୁ ବଡ଼ ମନ୍ଦିର



ପାଟନା ଖୁବଶୀଘ୍ର ବିହାରରେ ତିଆରି ହେବାକୁ ଯାଉଛି ବିଶ୍ୱର ସବୁଠାରୁ ବଡ଼ ମନ୍ଦିର। ଏଥିପାଇଁ ସମସ୍ତ ପ୍ରସ୍ତୁତି ଚୂଡାନ୍ତ ପର୍ଯଣ୍ୟାୟରେ ପହଞ୍ଚି ସାରିଛି। ପୂର୍ବରୁ ଏହି ମନ୍ଦିର ତିଆରି ପାଇଁ ତାରିଖ ଧାର୍ଯଣ୍ୟ ହୋଇଥିଲା ବେଳେ କାମ୍ବୋଡିଆ ସରକାରଙ୍କ ବିରୋଧ କାରଣରୁ ମନ୍ଦିରର ଢାଞ୍ଚାରେ ପରିବର୍ତ୍ତନ କରାଯାଉଛି। ପାଟନାସ୍ଥିତ ମହାବୀର ମନ୍ଦିର ଟ୍ରଷ୍ଟର କିଶୋର କୁଣାଳ କହିଛନ୍ତି ଯେ ଆମେ ଏଠାରେ ଏକ ବିରାଟ ରାମାୟଣ ମନ୍ଦିର ନିର୍ମାଣର ନିଷ୍ପତ୍ତି ନେଇଛୁ। ତେବେ କାମ୍ବୋଡିଆ ସରକାର ଅଭିଯୋଗ ଆଣିଥିଲେ ଯେ ପ୍ରସ୍ତାବିତ ମନ୍ଦିରର ଢାଞ୍ଚା ତାଙ୍କ ଦେଶରେ ଥିବା ଅଙ୍ଗକୋର ବାଟ ମନ୍ଦିରର ଢାଞ୍ଚା ସହ ଦିଶୁଛି। ସେଥିପାଇଁ ଆମେ ଏବେ ମନ୍ଦିରର ଢାଞ୍ଚାରେ ପରିବର୍ତ୍ତନ କରିସାରିଛୁ। ଆସନ୍ତା ହୋଲି ପର୍ବ ପରେ ମନ୍ଦିର ନିର୍ମାଣ କାର୍ଯଣ୍ୟ ଆରମ୍ଭ ହେବ। ପ୍ରସ୍ତାବିତ ମନ୍ଦିରଟି ପଶ୍ଚିମ ଚମ୍ପାରଣ୍ୟ ଜିଲାର କେସରିଆ ନିକଟ ଜାନକି ନଗରର ୧୬୫ଏକର ସ୍ଥାନରେ ତିଆରି ହେବ। ପ୍ରଥମ ପର୍ଯଣ୍ୟାୟରେ ରାମାୟଣ ମନ୍ଦିର, ଶିବ ମନ୍ଦିର ଏବଂ ମହାବୀର ମନ୍ଦିରର ନିର୍ମାଣ ହେବାକୁ ଥିବା ବେଳେ ଏବାବଦରେ ୨୦୦କୋଟି ଟଙ୍କା ଖର୍ଚ୍ଚ କରାଯିବ। ମନ୍ଦିରର ମୁଖଣ୍ୟ ଆକର୍ଷଣ ହେଉଛି ଏହାର ୪୦୫ଫୁଟ ଉଚ୍ଚ ଅଷ୍ଟଭୂଜିୟ ମିନାର। ଏହା କାମ୍ବୋଡିଆର ମନ୍ଦିରର ମିନାର ଠାରୁ ୨୧୫ଫୁଟ ଅଧିକ ଉଚ୍ଚ ହେବ। ଏଥିସହ ମନ୍ଦିର ପରିସରରେ ୪୪ଫୁଟ ଉଚ୍ଚ ଏବଂ ୩୩ଫୁଟ ଗୋଲେଇ ବିଶିଷ୍ଟ ଏକ ଶିବ ଲିଙ୍ଗ ମଧ୍ୟ ପ୍ରତିଷ୍ଠା କରାଯିବାର ଯୋଜନା ରହିଛି। ଯାହା ବିଶ୍ୱର ସବୁଠାରୁ ବଡ଼ ଶିବ ଲିଙ୍ଗ ହେବ।

# ଶ୍ରୀରାମ ଚନ୍ଦ୍ର ଭଞ୍ଜଦେଓ



ଓଡିଶା ମୟୂରଭଂଜ ଜିଲ୍ଲାର ବାରିପଦା ଠାରେ ଜନ୍ମିତ ଜଣେ ସୁଶାସକ ଓ ଭାଷା ଆନ୍ଦୋଳନର ପୁରୋଧା ଥିଲା। ସେ ରାଜ୍ୟର ମଙ୍ଗଳ ତଥା ପ୍ରଜାଙ୍କ ହିତ ପାଇଁ ସର୍ବଦା ଚେଷ୍ଟିତ୍ ଥିଲେ। ଶ୍ରୀରାମଚନ୍ଦ୍ର ଜଣେ ସରଳ ଓ ଅମାୟିକ ବ୍ୟକ୍ତି ଭାବେ ପରିଚିତ ଥିଲେ। ଛାତ୍ର ବୟସରେ ସହପାଠୀଙ୍କ ସହିତ ସରଳ ଭାବରେ ମିଶୁଥିଲେ। ପାଠ ପଢୁଥିବା ସମୟରେ ସେ ଅନେକ ସ୍ଥାନ ବୁଲି ଯାଇଥିଲେ। ମାତ୍ର ରାଜବେଶ ବା ରାଜ ଢ଼ଙ୍ଗଢ଼ାଙ୍ଗରେ ସେ ଯିବାକୁ ଇଚ୍ଛା କରୁନଥିଲେ। ତାଙ୍କର ଏହି ସରଳ ପ୍ରକୃତି ଯୋଗୁଁ ସେ ସବୁଠାରେ ସମସ୍ତଙ୍କର ଅତି ପ୍ରିୟପାତ୍ର ହୋଇଥିଲେ। ପ୍ରଜା ପାଳନ ରାଜାର ଧର୍ମ ଏ କଥା ଶ୍ରୀରାମଚନ୍ଦ୍ରଙ୍କୁ ଭଲ ଭାବେ ଜଣାଥିଲା। ରାଜଦଣ୍ଡ ଧରିବା ପରେ ଶ୍ରୀରାମଚନ୍ଦ୍ର ରାଜନୀତି ଓ ଦର୍ଶନଶାସ୍ତ୍ରକୁ ଭଲକରି ପଢ଼ିବାରେ ଲାଗିଲେ। ନିଜ ରାଜ୍ୟକୁ ଏକ ଆଦର୍ଶ ରାଜ୍ୟ କରି ଗଢ଼ିବା ପାଇଁ ସେ ବରାବର ଚେଷ୍ଟା କରୁଥିଲେ। ଗୁଣି ଓ ଉଦାର ଲୋକଙ୍କୁ ପାଖରେ ରଖି ସୁଚାରୁ ରୂପେ ରାଜ୍ୟ କରି ଗଢ଼ିବା ପାଇଁ ସେ ବରାବର ଚେଷ୍ଟା କରୁଥିଲେ। ଗୁଣି ଓ ଉଦାର ଲୋକଙ୍କୁ ପାଖରେ ରଖି ସୁଚାରୁ ରୂପେ ରାଜ୍ୟ ଶାସନ କରୁଥିଲେ। ଏହି ସମୟରେ ଉତ୍କଳମଣି ଗୋପବନ୍ଧୁ ଦାସଙ୍କ କାର୍ଯ୍ୟଶୈଳୀ ସମଗ୍ର ରାଜ୍ୟରେ ଗୁଞ୍ଜରିତ ହେଉଥିଲା। ତାଙ୍କ ଗୁଣରେ ମୁଗ୍ଧ ହୋଇ ଶ୍ରୀରାମଚନ୍ଦ୍ର ତାଙ୍କୁ ରାଜ୍ୟ ସରକାରଙ୍କ ଓକିଲ ପଦରେ ନିଯୁକ୍ତି କରିଥିଲେ। ପଣ୍ଡିତ ଗୋପବନ୍ଧୁ ସେତେବେଳେ ସକଳ କାର୍ଯ୍ୟରେ ତାଙ୍କର ପରମ ସଖା ରୂପେ ପରାମର୍ଶଦାତାଥିଲେ। ଶ୍ରୀରାମଚନ୍ଦ୍ର ଓ ଗୋପବନ୍ଧୁ ମଧ୍ୟରେ ଏପରି ଘନିଷ୍ଠ ବନ୍ଧୁତା ଥିଲା ଯେ, କୌଣସି କାର୍ଯ୍ୟ କଲାବେଳେ ଶ୍ରୀରାମଚନ୍ଦ୍ର, ଗୋପବନ୍ଧୁଙ୍କ ପରାମର୍ଶ ନେଉଥିଲେ।

# ରେଷ୍ଟୁରାଣ୍ଟରେ ଦିଆଯାଉଥିଲା କୁକୁର ମାଂସ



ହାଇଦ୍ରାବାଦ ଖାସି ମାଂସ ନାମରେ କୁକୁର ମାଂସ ବିକ୍ରି କରୁଥିବା ଅଭିଯୋଗରେ ଏକ ରେଷ୍ଟୁରାଣ୍ଟ ଉପରେ ନିକଟରେ ଗ୍ରେଟର ହାଇଦ୍ରାବଦ ମୁଣ୍ୟନିସିପାଲ କର୍ପୋରେସନର ଅଧିକାରୀମାନେ ଚଢାଉ କରିଥିଲେ। ଏହି ରେଷ୍ଟୁରାଣ୍ଟର ମାଂସକୁ ଜବତ କରାଯାଇ ପରୀକ୍ଷା ନିମନ୍ତେ ଗବେଷଣାଗାରକୁ ପଠାଇଛନ୍ତି। ପୂର୍ବରୁ ଏଠାରେ କୁକୁର ମାଂସ ବିକ୍ରି ହେଉଥିବା ଅଭିଯୋଗ ଆସିଥିଲା ବେଳେ ସୋସିଆଲ ମିଡିଆରେ ମଧ୍ୟ ଏହି ଫଟୋ ଭାଇରାଲ ହୋଇଛି। ପୂର୍ବରୁ ମ୍ୟୁନିସିପାଲ କର୍ପୋରେସନ ପକ୍ଷରୁ ଏହି ରେଷ୍ଟୁରାଣ୍ଟକୁ ନୋଟିସ ପଠାଯାଇଥିଲା ବେଳେ ଏହାର ମାଲିକ ଇରଫାନ କହିଛନ୍ତି ଯେ ଆମେ କେବେ ବି କୁକୁର ମାଂସ ବିକ୍ରି କରିନାହୁଁ। ଆମ ରେଷ୍ଟୁରାଣ୍ଟର ଭାବମୂର୍ତ୍ତୀକୁ ଖରାପ କରିବା ପାଇଁ କିଛି ବିରୋଧି ଏଭଳି ଚକ୍ରାନ୍ତ କରିଛନ୍ତି।

# ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଞ୍ଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚଲିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ୍ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।




# ସାମ୍ୟବାଦର ପ୍ରତିଷ୍ଠାତା ସ୍ୱର୍ଗତଃ ପ୍ରାଣନାଥ ପଟ୍ଟନାୟକ

••••••••••ଉମାଶଙ୍କର ପ୍ରସାଦ••••••••

ମହାତ୍ମା ଗାନ୍ଧୀଙ୍କ ଆହ୍ୱାନରେ ସ୍ୱାଧୀନତା ସଂଗ୍ରାମୀ ଭାବରେ ପ୍ରାଣନାଥ ନିଜକୁ ପ୍ରତିଷ୍ଠିତ କରିଥିଲେ। ପ୍ରାଣନାଥ ରେଭେନ୍ସା କଲେଜରେ ବିଜ୍ଞାନର ସ୍ନାତକ ଶ୍ରେଣୀରେ ସେ ପଢୁଥାଆନ୍ତି। ସ୍ୱାଧୀନତା ସଂଗ୍ରାମରେ ସତ୍ୟାଗ୍ରହଟିଏ ହେବା ପାଇଁ ଆହ୍ୱାନ ଆସିଲା - ଶପଥ ଓ ସଂକଳ୍ପ ପାଇଁ ପ୍ରତିଶ୍ରୁତିବଦ୍ଧ ହେବାକୁ ପଡ଼ିବ। ସନ୍ୟାସୀର ଗେରୁଆ ବସ୍ତ୍ର ପିନ୍ଧି ଏଥିପାଇଁ ଶପଥ ନେଇଥିଲେ। ପାଠ ଛାଡ଼ି ଦେଲେ, ପାଠରେ ଡୋରି ବାନ୍ଧିଦେଲେ। ପଛକୁ ଫେରିବାର ସମୟ ନାହିଁ। ତାଙ୍କ ଜୀବନତ ମାତ୍ର ୬୫ ବର୍ଷରେ ସୀମିତ। ସେଥିରୁ ବିଭିନ୍ନ ପର୍ଯ୍ୟାୟରେ ୧୩ ବର୍ଷ ଜେଲ୍‌ର ଚାରିକାନ୍ଥ ଭିତରେ। ଅନେକ କାରଣ ପାଇଁ ବନ୍ଦୀ ହୋଇଛନ୍ତି। ଦେଶ ପାଇଁ ମେହନତି ମଣିଷର ସ୍ୱାର୍ଥ ପାଇଁ ବନ୍ଦୀ ହୋଇ ରହିଲେ କ୍ଷତି କ'ଣ? ନିଜ ଧର୍ମପତ୍ନୀ ଆଉ ପୁଅମାନେ ତାଙ୍କ ଅନୁପସ୍ଥିତିରେ ଅସହାୟ ହୋଇପଡ଼ିଛନ୍ତି। ସ୍ୱାମୀ ତଥା ବାପା ତଥା ପରିବାରରେ ମୁଖ୍ୟଙ୍କ ସ୍ନେହରୁ ସବୁ ସମୟରେ ବଂଚିତ ହୋଇଛନ୍ତି। ପୁଅ ଆମେରିକା ଯିବ! ଆଣବିକ କାର୍ଯ୍ୟକ୍ରମରେ ଯୋଗ ଦେଇ ଗବେଷଣା କରିବ। ଯିବା ପୂର୍ବରୁ ବାପାଙ୍କ ପାଦ ଛୁଇଁ ପ୍ରଣାମ କରିଯିବ। ବାପାଙ୍କୁ ଖୋଜି ଖୋଜି ପାଇଲା ନାହିଁ। କୃଷକମାନଙ୍କର ସ୍ୱାଧୀକାରକୁ ସାବ୍ୟସ୍ତ କରିବା ପାଇଁ ପାଦରେ ଚାଲି ଚାଲି ଗାଁକୁ ଗାଁ ବୁଲୁଛନ୍ତି। ଶେଷକୁ ବାପାଙ୍କ ସହିତ ଦେଖାହେଲା ଖୋର୍ଦ୍ଧାର ନିପଟ ମଫସଲ ଅଂଚଳର ଏକ ଗାଁ - ଗାଁ ଲୋକଙ୍କର ବାରଣ୍ଡାରେ ବସି ଚେପା ହୋଇଯାଇଥିବା ଥାଳିରେ ବଗଡ଼ା ଭାତ ଖାଉଛନ୍ତି! ପୁଅମାନେ କାନ୍ଦି ପକାଇଲେ। ସେଇ ଶପଥ ଶେଷ ପର୍ଯ୍ୟନ୍ତ ଏପରି ଜୀବନକୁ ଆଦରି ନେଇଛନ୍ତି। ସେଥିରୁ ବିଚ୍ୟୁତ ହେବେ ନାହିଁ। କେବେ ବି ଜୀବନରେ ସୁଖର ସ୍ୱାଦ ଅନୁଭବ କରିବାର ସୁଯୋଗ ନେଇନାହାନ୍ତି। ସଂଗ୍ରାମୀର ଜୀବନ - ସୁଖ ସ୍ୱାଚ୍ଛନ୍ଦ୍ୟରେ ଜୀବନ ବିତାଇବା ପାଇଁ ସୁଯୋଗ କାହିଁ? ବିଜ୍ଞାନର ସ୍ନାତକ ସିନା ହୋଇପାରିଲେ ନାହିଁ। କିନ୍ତୁ ପ୍ରଖ୍ୟାତ କାଶୀ ବିଦ୍ୟାପୀଠର ପ୍ରତିଷ୍ଠାତା ଆର୍ଚ୍ଚର୍ଯ୍ୟ ନରେନ୍ଦ୍ର ଦେବଙ୍କର ଛାତ୍ର। ଆମ ଦେଶର ପ୍ରିୟ ପ୍ରଧାନମନ୍ତ୍ରୀ ହୋଇଥିବା ଲାଲ ବାହାଦୂରଙ୍କ ସହପାଠୀ ଜବାହାରଲାଲଙ୍କ ସମୟରେ ତାଙ୍କର ଶ୍ରେଣୀରେ ପାଠ ପଢ଼ାଇଛନ୍ତି। ଜୀବନ ପାଇଁ ଅନେକ ଅଭିଜ୍ଞତା ଅର୍ଜନ କରି ଶାସ୍ତ୍ରୀ (ସ୍ନାତକ) ହୋଇ ଲେଉଟି ଆସିଛନ୍ତି। ସମାଜକୁ ସ୍ୱାଧୀନତା ସମାଜବାଦ ଓ ସାମ୍ୟବାଦର ସ୍ୱାଦର ଅନୁଭବ ଦେବା ପାଇଁ। ଏଥିପାଇଁ ନିଜକୁ ସମ୍ପୂର୍ଣ୍ଣ ଭାବରେ ସମର୍ପିତ କରିଛନ୍ତି। ସ୍ୱର୍ଗତ ଲାଲବାହାଦୂର ପ୍ରଧାନମନ୍ତ୍ରୀ ହେଲା ପରେ ନୂଆଦିଲ୍ଲୀକୁ ଡକାଇଛନ୍ତି। ଦେଶର ନୀତି ସମ୍ବନ୍ଧରେ ହାର୍ଦ୍ଦିକ ଆଲୋଚନା ପାଇଁ। ନିମନ୍ତ୍ରଣ ଜଣାଇଛନ୍ତି। ଜବାହାରଲାଲ ଓଡ଼ିଶା ଗସ୍ତ କରିବା ସମୟରେ ଅତି ଆନ୍ତରିକତାର ସହିତ ପ୍ରାଣନାଥଙ୍କୁ ଡାକି ତାଙ୍କ ପାଖକୁ ଆସିବା ନିବେଦନ ଜଣାଇଛନ୍ତି। ଖୋର୍ଦ୍ଧା କଲେଜ ପ୍ରତିଷ୍ଠା ହେବା ସମୟରେ ନିଜେ ବ୍ୟକ୍ତିଗତ ଭାବରେ ଚିଠି ଲେଖି କଲେଜ ପାଇଁ ଓ ତାଙ୍କ ପାଇଁ ଶୁଭେଚ୍ଛା ଜଣାଇଛନ୍ତି।



ଖୋର୍ଦ୍ଧା କଲେଜ ତଥା ବର୍ତ୍ତମାନ ପ୍ରାଣନାଥ କଲେଜର କେବଳ ପ୍ରତିଷ୍ଠାତା ନଥିଲେ ବରଂ କଲେଜରେ ପଢୁଥିବା ସବୁ ଛାତ୍ରଛାତ୍ରୀଙ୍କ ବାପା, ମା', ଆଉ ଅଭିଭାବକ ହୋଇଥିଲେ। ପ୍ରତିଦିନ ସେମାନଙ୍କର ସୁଖଦୁଃଖ ଆସି ବୁଝୁଥିଲେ। ଛାତ୍ରଛାତ୍ରୀଙ୍କ ସବୁ କାର୍ଯ୍ୟକ୍ରମରେ ସେ ଅଗ୍ରଣୀ ଭୂମିକା ନେଉଥିଲେ। ଖେଳ ପଡ଼ିଆ ଉପଯୋଗୀ ହୋଇନାହିଁ। ଗୋଡ଼ି ଉଠାଯିବ, ମାଟି ପଡ଼ିବ ଓ ଘାସ ଲାଗିବ-୬୦ ଦଶକରେ କଲେଜ ପାଣ୍ଠିରୁ ୪ ହଜାର ଟଙ୍କା ମଞ୍ଜୁର କରିଥିଲେ। କଲେଜର ଅଧ୍ୟାପକ, ଅଧ୍ୟାପିକା, ଛାତ୍ର-ଛାତ୍ରୀଙ୍କର ଗୁଣାତ୍ମକ ବିକାଶ ପାଇଁ ବ୍ୟାକୁଳତା ପ୍ରକାଶ କରିଥିଲେ।

ସ୍ୱରାଜ ପାଇଁ ଲଢ଼େଇ କରିଥିଲେ। ସ୍ୱାଧୀନତା ସଂଗ୍ରାମରେ ପୂରାପୂରି ଝାସ ଦେଇଥିଲେ। କଂଗ୍ରେସ ଦଳ ପକ୍ଷରୁ ନିର୍ବାଚନ ଲଢ଼ି ବିଧାୟକ ହୋଇଥିଲେ। କଂଗ୍ରେସ ଦଳରୁ ଇସ୍ତଫା ଦେଇ ପାରଳା ମହାରାଜାଙ୍କ ମନ୍ତ୍ରୀମଣ୍ଡଳରେ ଯୋଗଦେବା ପାଇଁ ରୋକଠୋକ୍ ମନା କରିଦେଇଥିଲେ। କଂଗ୍ରେସ ଦଳ ଭିତରେ ରହି କଂଗ୍ରେସ ସମାଜବାଦ ସଂଗଠନର ଦାୟିତ୍ୱ ନେଇଥିଲେ। ସ୍ୱର୍ଗତଃ ନବକୃଷ୍ଣ ଚୌଧୁରୀ ଆଉ ସ୍ୱର୍ଗତଃ ସୁରେନ୍ଦ୍ରନାଥ ଦ୍ୱିବେଦୀ ପ୍ରଭୃତି ତାଙ୍କର ସହକର୍ମୀ ଥିଲେ।

ସେହି ପ୍ରାଣନାଥ ପୁଣି ମାର୍କ୍ସବାଦ ଦ୍ୱାରା ପ୍ରଭାବିତ ହୋଇଥିଲେ। ସାମ୍ୟବାଦ ପ୍ରତିଷ୍ଠାର ସ୍ୱପ୍ନ ତାଙ୍କୁ ବିଭୋର କଲା-ରାଜ୍ୟରେ ସାମ୍ୟବାଦୀ ଦଳ ପ୍ରତିଷ୍ଠାର ଅନ୍ୟତମ ବିଧାୟୀ ହେଲେ। ସ୍ୱର୍ଗତଃ ଭଗବତୀ ଚରଣ ପାଣିଗ୍ରାହୀ ଓ ସ୍ୱର୍ଗତଃ ଗୁରୁଚରଣ ପଟ୍ଟନାୟକଙ୍କର ସହଯୋଗୀ ହେଲେ। ସାମ୍ୟବାଦୀ ଦଳର ପ୍ରତିଷ୍ଠାତା ଭାବରେ ଇତିହାସ ସୃଷ୍ଟି କଲେ। ଗାନ୍ଧିବାଦୀ ଲୋକଟିଏ ହୋଇ ସାମ୍ୟବାଦୀ ହେଲେ। ଗାନ୍ଧିଜୀ ସାମ୍ୟବାଦକୁ ପୁରାପୁରି ଗ୍ରହଣ କରି ନ ଥିଲେ ମଧ୍ୟ ସମାଜବାଦୀ ଥିଲେ। ପ୍ରାଣନାଥ ଏ ଦ୍ୱନ୍ଦ୍ୱରୁ ନିଜକୁ ଦୂରେଇ ରଖିଲେ। ଜାତି, ଦେଶ ଓ ସମାଜର ସ୍ୱାର୍ଥ ରକ୍ଷାକରି ସେ ତ' ସାମ୍ୟବାଦୀ ହୋଇପାରିବେ। ଗଣତନ୍ତ୍ର ଉପରେ ଭରସା ରଖି ନିର୍ବାଚନ ଲଢ଼ିପାରିବେ। ବିଧାନସଭାକୁ ନିର୍ବାଚିତ ହୋଇଥିବା ନଅଜଣ କମ୍ୟୁନିଷ୍ଟଙ୍କର ନେତୃତ୍ୱ ନେଇଥିଲେ। ତାଙ୍କ ପରେ ଏତେସଂଖ୍ୟକ ସ୍ଥାନ ଓଡ଼ିଶା ବିଧାନସଭାରେ କମ୍ୟୁନିଷ୍ଟମାନେ କେବେହେଲେ ଦଖଲ କରିପାରିନାହାନ୍ତି।

ପ୍ରଜାମଣ୍ଡଳ ଆନ୍ଦୋଳନ ପାଇଁ ନିଜକୁ ଏପରି ସମର୍ପିତ କରିଥିଲେ, ତାହା ଅନନ୍ୟ ଥିଲା। ରାଜ୍ୟରେ ଦେଶୀୟ ରାଜାମାନଙ୍କରେ ଓଡ଼ିଶାର ଲୋକମାନେ କ'ଣ ସେମାନଙ୍କର ସ୍ୱାଧୀନତାକୁ ସାବ୍ୟସ୍ତ କରିପାରିବେ ନାହିଁ! ସବୁ ଗଡ଼ଜାତ ଅଂଚଳରେ ଜନସାଧାରଣଙ୍କୁ ସଚେତନ କରାଇଥିଲେ। ସେହି ସମୟର କଥା, ରଣପୁରରେ ଇଂରେଜ ସରକାରଙ୍କ ପଲିଟିକାଲ୍ ଏଜେଂଟ୍ ବେଜେଲ୍ ଗେଟଙ୍କର ହତ୍ୟା ସଂଘଟିତ ହେଲା। ଇଂରେଜ ଶାସନ ଏହାକୁ ସହ୍ୟ କରିପାରିଲା ନାହିଁ। ସମଗ୍ର ରଣପୁରର ଅଧିବାସୀଙ୍କୁ ନିର୍ଯାତିତ କଲା- କେହି ତାଙ୍କର ସ୍ୱର ଉତ୍ତୋଳନ କରିପାରିଲେ ନାହିଁ। ଗାଁ ଗାଁରେ ଡାଟି କବାଟ ପଡ଼ିଗଲା। ସମସ୍ତେ ଅସହାୟ ହୋଇଗଲେ। ସ୍ୱର୍ଗତଃ ଡ. ହରେକୃଷ୍ଣ ମହତାବଙ୍କର ଉପଦେଶ ଓ ନିର୍ଦ୍ଦେଶରେ ପ୍ରାଣନାଥ ରଣପୁର ଯାଇ ଗାଁ ଗାଁ ବୁଲି ରଣପୁର ଅଧିବାସୀଙ୍କ ମନରେ ସାହସ ଓ ଦମ୍ଭ ସଂଚରିତ କଲେ। ଏସବୁ ସହଜ କଥା ନଥିଲା। ସେ ସମୟର ଏଥିନେଇ କାହାଣୀ ସହିତ ନିଜକୁ ପରିଚିତ କଲେ ନିଜ ମନଭିତରେ ଶିହରଣ ଖେଳିଯାଏ। ପ୍ରାଣନାଥ ଏହି ଶିହରଣର କେନ୍ଦ୍ରବିନ୍ଦୁ ଥିଲେ। ଦୁର୍ଦ୍ଦାନ୍ତ ବିଦେଶୀ ସରକାରଙ୍କ ବିରୋଧରେ ସଂଗ୍ରାମ କରୁଥିଲେ। ରଘୁ ଆଉ ଦିବାକର ଫାଶୀ ପାଇଲେ କିନ୍ତୁ ସେମାନଙ୍କ କିପରି ରକ୍ଷାକରାଯାଇ ପାରିବ, ସେଥିପାଇଁ ପ୍ରାଣନାଥ ସାହସ ବାନ୍ଧିଥିଲେ।

ପ୍ରତ୍ୟେକ ବର୍ଷ ତାଙ୍କ ଜୟନ୍ତୀ ଓ ପୁଣ୍ୟତିଥି ତାଙ୍କ ହାତତିଆରି ମଣିଷଗଢ଼ା କାରଖାନା ପ୍ରାଣନାଥ ମହାବିଦ୍ୟାଳୟରେ ତାଙ୍କର କୀର୍ତ୍ତି ଓ ଅବଦାନକୁ ନେଇ ବର୍ଣ୍ଣାଢ଼୍ୟ ସମାରୋହ ଅବସରରେ ଅନେକ ଆଲୋଚନାଚକ୍ର ହେବା ସହ ରାଜ୍ୟର ବିଭିନ୍ନ କୃତବିଦ୍ୟମାନଙ୍କୁ ପ୍ରାଣନାଥ ସମ୍ମାନରେ ସମ୍ମାନିତ କରାଯାଇଥାଏ। କହି ବସିଲେ ତାଙ୍କ ବିଷୟରେ ଅନେକ କଥା ଏବେ ମଧ୍ୟ ଅକୁହା ହୋଇ ରହିଯାଇଛି। ସେହି ଯୁଗପୁରୁଷ ପ୍ରାଣନାଥଙ୍କ ଅମ୍ଳାନ ସ୍ମୃତି ଉଦ୍ଦେଶ୍ୟରେ ଏ ଲେଖକର ଭକ୍ତିପୂତ ଶ୍ରଦ୍ଧା ସୁମନ! ...କିମଧିକମ୍

# ବିଶ୍ୱ ପର୍ଯ୍ୟଟନ ଦିବସ ପାଳିତ



ଭୁବନେଶ୍ୱର (ପିଏନ୍)-ବିଶ୍ୱ ପର୍ଯ୍ୟଟନ ଦିବସ ଉପଲକ୍ଷେ ପର୍ଯ୍ୟଟନ ବିଭାଗ ଦ୍ୱାରା ଓଡ଼ିଶା ବାୟ ରୋଡ଼ (Odisha By Road) କ୍ୟାମ୍ପେନ୍‌କୁ ଦୃଷ୍ଟିରେ ରଖି କଳିଙ୍ଗ ରାଇଡର୍ସଙ୍କ ଦ୍ୱାରା ସକାଳେ ଇନ୍‌ଫୋସିଟି ଛକଠାରୁ ଧଉଳୀ ପର୍ଯ୍ୟନ୍ତ ଏକ ସୁପର ବାଇକ୍ ରାଲି (Super Bike Rally)ର ଆୟୋଜନ କରାଯାଇଥିଲା। ଏଥିସହିତ Utkal Galleria Mallଠାରେ ହସ୍ତତନ୍ତର ପ୍ରଦର୍ଶନୀ ଏବଂ Esplanade Mallଠାରେ ହସ୍ତଶିଳ୍ପର ପ୍ରଦର୍ଶନୀ ଆୟୋଜନ କରାଯାଇଥିଲା। ଏହି ପ୍ରଦର୍ଶନୀ ଆସନ୍ତା ଅକ୍ଟୋବର ୨ ତାରିଖ ପର୍ଯ୍ୟନ୍ତ ଲୋକଙ୍କ ପାଇଁ ପ୍ରଦର୍ଶିତ ହେବ।

ପର୍ଯ୍ୟଟନ ବିଭାଗ ତରଫରୁ ପର୍ଯ୍ୟଟନ ବିଭାଗ ସାଂସ୍କୃତିକ ପରିଷଦ ଦ୍ୱାରା ଏକ ସାଂସ୍କୃତିକ କାର୍ଯ୍ୟକ୍ରମ ଭ କଳା ମଣ୍ଡପରେ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ବିଶିଷ୍ଟ ଅତିଥି ଯଥା: ମାନ୍ୟବର ପର୍ଯ୍ୟଟନ, ଓଡ଼ିଆ ଭାଷା, ସାହିତ୍ୟ, ସଂସ୍କୃତି ଓ ଅବକାରୀ ମନ୍ତ୍ରୀ ଶ୍ରୀଯୁକ୍ତ ଅଶ୍ୱିନୀ କୁମାର ପାତ୍ର; ପର୍ଯ୍ୟଟନ ବିଭାଗର ନିର୍ଦ୍ଦେଶକ ତଥା ଅତିରିକ୍ତ ଶାସନ ସଚିବ ଶ୍ରୀଯୁକ୍ତ ସଚିନ ରାମଚନ୍ଦ୍ର ଯାଦବ; ଆଞ୍ଚଳିକ ପାଶପୋର୍ଟ ଅଧିକାରୀ ଶ୍ରୀଯୁକ୍ତ ସୁଧାଂଶୁଶେଖର ମିଶ୍ର; ବିଜୁ ପଟ୍ଟନାୟକ ଆନ୍ତର୍ଜାତୀୟ ବିମାନ ବନ୍ଦରର ନିର୍ଦ୍ଦେଶକ ଶ୍ରୀଯୁକ୍ତ ପ୍ରସନ୍ନ ପ୍ରଧାନ ଉପସ୍ଥିତ ଥିଲେ। ଏହି ଉପଲକ୍ଷେ ଉପସ୍ଥିତ ଅତିଥିମାନେ ଓଡ଼ିଶା ପର୍ଯ୍ୟଟନର ଉନ୍ନତି ହେବା ସହିତ ଓଡ଼ିଶାକୁ ପର୍ଯ୍ୟଟକମାନଙ୍କର ଅଧିକରୁ ଅଧିକ ଆଗମନ ପାଇଁ ଦିଗ୍‌ଦର୍ଶନ ଦେଇଥିଲେ। ପର୍ଯ୍ୟଟନ ବିଭାଗର ଅତିରିକ୍ତ ଶାସନ ସଚିବ ଶ୍ରୀଯୁକ୍ତ ଅନନ୍ତ ନାରାୟଣ ସିଂ ଲାଗୁରୀ ଉକ୍ତ କାର୍ଯ୍ୟକ୍ରମରେ ଧନ୍ୟବାଦ ଅର୍ପଣ କରିଥିଲେ। ପରେ ପରେ ପର୍ଯ୍ୟଟନ ବିଭାଗ ସାଂସ୍କୃତିକ ପରିଷଦର ଅଧିକାରୀମାନଙ୍କ ଦ୍ୱାରା ପରିବେଶିତ ହୋଇଥିଲା ନାଟକ 'ମଣିଷ ଗଛର ଛାଇ'। ଭଙ୍ଗାଗଢା ଦୁନିଆଁର ଗତି ବଡ଼ ବିଚିତ୍ର। ଆଜିର ସମାଜରେ ନିଜର ସ୍ୱାର୍ଥ, ଅହଙ୍କାର ଆଉ ଅର୍ଥର ଲାଳସା ପାଇଁ କେତେ ଯେ ସୁନାର ସଂସାର ଭାଙ୍ଗିରୁଜି ଚୁରମାର ହୋଇଯାଏ ତା'ର ହିସାବ ନାହିଁ, ତାହାର ଜ୍ୱଳନ୍ତ ଉଦାହରଣ ଦେଖିବାକୁ ମିଳିଥିଲା 'ମଣିଷ ଗଛର ଛାଇ' ନାଟକରେ। ମଣିଷ ଗଛଟିଏ ଲଗାଏ ନିଜ ପାଇଁ ନୁହେଁ ଅନେକ ପଥଚାରୀଙ୍କ ଆଶ୍ରୟ ନିମନ୍ତେ। ଠିକ୍ ସେମିତି ଜଣେ ମଣିଷ ନିଃସନ୍ତାନ ଜୀବନ ବିତାଉଥିବା ବେଳେ ନିଜର ବଂଶ ରକ୍ଷାପାଇଁ ଆପଣେଇ ନେଇଛନ୍ତି ଗୋଟିଏ ଅନାଥ ଶିଶୁକୁ। ସମୟଚକ୍ରରେ ଚକା ବଦଳିଯାଏ ଏବଂ ନିଃସନ୍ତାନ ଥିବା ସେହି ମଣିଷର ପରିବାରକୁ ଆସନ୍ତି ଦୁଇଟି ଯାଆଁଳା ସନ୍ତାନ। ସେଇ ଯାଆଁଳା ପିଲା ଦୁଇଜଣ ଅର୍ଥ ଓ ପ୍ରେମ ପାଇଁ ଚାଲିଯାଆନ୍ତି ଏକ ଅମଡ଼ା ବାଟରେ। କିନ୍ତୁ ସେହି ଅନାଥ ଶିଶୁଟି ସେହି ପରିବାରକୁ ଆପଣାଇ ପରିବର୍ତ୍ତନ କରିଛି ସମସ୍ତଙ୍କୁ। ଶେଷରେ ସମସ୍ତେ ନିଜ ନିଜ ଭୁଲ ବୁଝିପାରି ଫେରିଛନ୍ତି ହସଖୁସିର ସେହି ପରିବାରକୁ, କିନ୍ତୁ ହରାଇଛନ୍ତି ସେହି ମଣିଷକୁ। ନାଟକଟିର ନାଟ୍ୟକାର ଥିଲେ ସୁଶିଲ କୁମାର ରଥ, ନାଟକଟିର ପରିକଳ୍ପନା ଓ ନିର୍ଦ୍ଦେଶନା ଦେଇଥିଲେ ଅନନ୍ତ କିଶୋର ସାହୁ, ସହକାରୀ ନିର୍ଦ୍ଦେଶକ ଥିଲେ ରାଜକିଶୋର ନାୟକ ଓ ଜିତେନ୍ଦ୍ର ପ୍ରସାଦ ପଟ୍ଟନାୟକ। ନାଟକରେ ଅଭିନୟ କରିଥିବା କଳାକାରମାନେ ହେଲେ-ତପନ କୁମାର ନାୟକ, ବିଷ୍ଣୁ ପ୍ରସାଦ ସିଂହ, ପ୍ରଶାନ୍ତ କୁମାର ନାୟକ, କେଦାରନାଥ ଦାସ, ଅମିୟ କୁମାର ପରିଡ଼ା, ପ୍ରସନ୍ନ କୁମାର ସ୍ୱାଇଁ, ଲଗେନ୍ଦ୍ର ନାଥ ଟୁଡୁ, ବିଜୟ କୁମାର ବେହେରା, ସୁଶାନ୍ତ କୁମାର ପାଣିଗ୍ରାହୀ, ଗୁରୁଚରଣ ମୁଣ୍ଡା, ବିଜୟ କୁମାର ମାଝୀ, ଜଗବନ୍ଧୁ ସାହୁ, ତ୍ରିନାଥ କୁମାର ମହାନ୍ତି, କାବେରୀ, ମନି, ଗୁଡ଼ି, ପ୍ରିୟା ଓ ନିରଂଜନ।



# ଜନବିରୋଧୀ ଅର୍ଥନୀତି ଓ ବିଭାଜନକାରୀ ରାଜନୀତିକୁ ପରାସ୍ତ କର !

ଭୁବନେଶ୍ୱର (ପିଏନ୍): ମୋଦି ସରକାରର ଜନବିରୋଧୀ ଅର୍ଥନୀତି ଏବଂ ବିଭାଜନକାରୀ ରାଜନୀତିକୁ ପରାସ୍ତ କରିବା ପାଇଁ ଭୁବନେଶ୍ୱରସ୍ଥିତ ମହାତ୍ମାଗାନ୍ଧୀ ମାର୍ଗଠାରେ ଆୟୋଜିତ ଜନସମାବେଶରେ ସି.ପି.ଆଇ.(ଏମ୍) ନେତୃବୃନ୍ଦ ଆହ୍ୱାନ ଦେଇଛନ୍ତି। ସି.ପି.ଆଇ.(ଏମ୍)ର ପଲିଟିବ୍ୟୁରୋ ସଦସ୍ୟ ତଥା ପଶ୍ଚିମବଙ୍ଗ ସରକାରର ପୂର୍ବତନ ମନ୍ତ୍ରୀ ସୂର୍ଯ୍ୟକାନ୍ତ ମିଶ୍ର ମୁଖ୍ୟବକ୍ତା ଭାବେ ଯୋଗଦେଇ କହିଲେ ଯେ ଆର୍.ଏସ୍.ଏସ୍. ନେତୃତ୍ୱାଧୀନ ବିଜେପି ସରକାରକୁ ଜନମାନସରୁ ବିଛିନ୍ନ କରିବା ଏବଂ ପରାସ୍ତ କରିବା ଦେଶବାସୀଙ୍କ ସମ୍ମୁଖରେ ମୁଖ୍ୟ ଆହ୍ୱାନ। ସ୍ୱାଧୀନତା ସଂଗ୍ରାମରେ ଆଦୌ ଅଂଶଗ୍ରହଣ କରି ନଥିବା ଏହି ସାଂପ୍ରଦାୟିକ ଅଶୁଭ ଶକ୍ତି, ସ୍ୱାଧୀନତାର ୭୫ ବାର୍ଷିକୀ ପୂର୍ତ୍ତିବେଳେ ଦେଶରେ ଶାସନ କରିବା ଏକ ଦୁର୍ଭାଗ୍ୟଜନକ ସ୍ଥିତି ବୋଲି ସେ କହିଥିଲେ। ବିଜେପିର ଶାସନରେ ଲଗାମହୀନ ଦରବୃଦ୍ଧି, ଭୟଙ୍କର ବେକାରୀ, ଜାତୀୟ ସମ୍ପଦ ବିକ୍ରୀ, ଚାଷୀ ଫସଲର ଅଭାବୀ ବିକ୍ରି ଏବଂ ଶ୍ରମଜୀବୀ ଜନଗଣଙ୍କ ଉପରେ ନିର୍ମମ ଶୋଷଣ ଇତ୍ୟାଦି ତୀବ୍ରତର ହୋଇଛି। ଭାରତୀୟ ମୁଦ୍ରାର ଅବମୂଲ୍ୟାୟନ ହୋଇ ଏକ ଡଲାରର ବିନିମୟ ମୂଲ୍ୟ ୮୦ ଟଙ୍କାରେ ପରିଣତ ହୋଇଛି। କୃଷି ବ୍ୟବସ୍ଥା ଭୁଷୁଡି ପଡିଛି। କୋଟି କୋଟି ଚାଷୀ ଚାଷ ଛାଡୁଛନ୍ତି। କୋଟି କୋଟି ଶ୍ରମିକ ରୋଜଗାର ହରାଉଛନ୍ତି। ମୋଦି ସରକାର ଏହିସବୁ ସମସ୍ୟାକୁ ସମାଧାନ କରିବାରେ ବ୍ୟର୍ଥ ହେବା ସହିତ କ୍ଷମତାରେ ରହିବା ପାଇଁ ସାମ୍ପ୍ରଦାୟିକ ବିଭାଜନ ପରି ବିଷାକ୍ତ ରାଜନୀତି କରୁଛନ୍ତି। ଦେଶର ସମ୍ବିଧାନ, ଧର୍ମନିରପେକ୍ଷତା, ଗଣତନ୍ତ୍ର ଏବଂ ଜୀବନଜୀବିକାର ଅଧିକାର ପାଇଁ ଚାଲିଥିବା ଲଢେଇରେ ବାମପନ୍ଥୀମାନେ ଆଗ ଧାଡିରେ ଅଛନ୍ତି। ଲଢେଇର ଏହି ସନ୍ଧିକ୍ଷଣରେ ଓଡିଶାର ବିଜୁ ଜନତାଦଳ ନିଜର ଆଭିମୁଖ୍ୟକୁ ସ୍ପଷ୍ଟ କରିବା ଦରକାର ବୋଲି ସେ କହିଛନ୍ତି। ବିଜେପିର ସମସ୍ତ ଜନବିରୋଧୀ ନୀତିକୁ ନବୀନବାବୁଙ୍କ ସରକାର ସମର୍ଥନ ଦେଇ ଚାଲିବେ, ନା ବିଜୁବାବୁଙ୍କ ଧର୍ମନିରପେକ୍ଷ ବିଚାରକୁ ଆଗେଇନେବା ପାଇଁ ସାରା ଦେଶରେ ଆରମ୍ଭ ହୋଇଥିବା ବିଜେପି ବିରୋଧୀ ଲଢେଇରେ ବିଜେଡି ସାମିଲ ହେବ, ତାହା ଆଗାମୀ ଦିନରେ ସ୍ପଷ୍ଟ ହୋଇଯିବ ବୋଲି ଶ୍ରୀ ମିଶ୍ର ତାଙ୍କ ବକ୍ତବ୍ୟରେ କହିଥିଲେ।

ସି.ପି.ଆଇ.(ଏମ୍) ଏବଂ ବାମପନ୍ଥୀମାନେ ବିଜେପି ସରକାରର ଜନବିରୋଧୀ ନୀତି ଏବଂ ବିଭାଜନକାରୀ ରାଜନୀତି ବିରୁଦ୍ଧରେ ଚଳାଇ ରଖିଥିବା ଏହି ଅଭିଯାନରେ ସମସ୍ତ ଧର୍ମନିରପେକ୍ଷ ଏବଂ ଗଣତାନ୍ତ୍ରିକ ଶକ୍ତିମାନେ ସାମିଲ ହେବାକୁ ଶ୍ରୀ ମିଶ୍ର ତାଙ୍କ ବକ୍ତବ୍ୟରେ ଆହ୍ୱାନ କରିଥିଲେ।

ସି.ପି.ଆଇ.(ଏମ୍)ର ବରିଷ୍ଠ ନେତା ତଥା ରାଜ୍ୟ ସମ୍ପାଦକମଣ୍ଡଳୀ ସଭ୍ୟ ଜନାର୍ଦ୍ଦନ ପତିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସଭାରେ ସି.ପି.ଆଇ.(ଏମ୍) ରାଜ୍ୟ ସମ୍ପାଦକ ଅଳି କିଶୋର ପଟ୍ଟନାୟକ ବକ୍ତବ୍ୟ ରଖିଥିଲେ। ମୋଦି ସରକାରର ସର୍ବନାଶକାରୀ ନୀତି ବିରୋଧରେ ଜୀବନଜୀବିକାର ଅଧିକାର ପାଇଁ ସଂଘର୍ଷକୁ ଆଗେଇ ନେବା ପାଇଁ ସେ ଆହ୍ୱାନ କରିଥିଲେ। ଶ୍ରମିକର ଦୈନିକ ମଜୁରୀ ୭୦୦ ଟଙ୍କା, ଚାଷୀ ଫସଲର ସର୍ବନିମ୍ନ ସହାୟକ ମୂଲ୍ୟ ପ୍ରଦାନ, ଭାଗଚାଷୀଙ୍କ ଅଧିକାର ପାଇଁ ଆଇନ ପ୍ରଣୟନ, ଧାନ କୁଇଣ୍ଟାଲ ୩୦୦୦ ଟଙ୍କା ଧାର୍ଯ୍ୟ କରିବା, ମନରେଗା ଯୋଜନାରେ ୨୦୦ ଦିନର କାମ, ଆଦିବାସୀଙ୍କୁ ଜଙ୍ଗଲ ଜମିର ଅଧିକାର, ଭୂମିହୀନକୁ ଜମି, ଜମିର କର୍ପୋରେଟ୍ ଲୁଣ୍ଠନ ବନ୍ଦ, ବେକାରୀଙ୍କୁ ନିଯୁକ୍ତି, ଦଳିତଙ୍କୁ ସାମାଜିକ ନ୍ୟାୟ ଏବଂ ମହିଳାଙ୍କ ନିରାପତ୍ତା ଇତ୍ୟାଦି ସମସ୍ତ ଜ୍ୱଳନ୍ତ ପ୍ରସଙ୍ଗ ଉପରେ ଆଗାମୀ ଚାରିମାସ ବ୍ୟାପୀ ପ୍ରଚାର ଅଭିଯାନ ଜାରି ରହିବ ବୋଲି ସେ ଘୋଷଣା କରିଥିଲେ।

ଏହି ସଭାରେ ସି.ପି.ଆଇ.(ଏମ୍) ରାଜ୍ୟ ସମ୍ପାଦକମଣ୍ଡଳୀ ସଭ୍ୟ, ବିଷ୍ଣୁ ମହାନ୍ତି, ସୁରେଶ ପାଣିଗ୍ରାହୀ, ପୁଷ୍ପା ଦାଶ, ଶିଶିର ହୁଇ, ଆଦିବାସୀ ନେତା ସାଲ ମାର୍ଣ୍ଡି ପ୍ରମୁଖ ବକ୍ତବ୍ୟ ରଖିବା ସହିତ ରାଜ୍ୟ ସମ୍ପାଦକମଣ୍ଡଳୀ ସଭ୍ୟ ଜଗନ୍ନାଥ ମିଶ୍ର, ଦୁଷ୍ମନ୍ତ ଦାସ, ସନ୍ତୋଷ ଦାସ, ଜମେଶ୍ୱର ସାମନ୍ତରାୟ ପ୍ରମୁଖ ମଞ୍ଚାସୀନ ଥିଲେ। ଅନ୍ୟମାନଙ୍କ ମଧ୍ୟରେ ସି.ପି.ଆଇ.(ଏମ୍) ସୁନ୍ଦରଗଡ ଜିଲ୍ଲା ସମ୍ପାଦକମଣ୍ଡଳୀ ସଭ୍ୟ ବିମାନ ମାଇତି, ଖୋର୍ଦ୍ଧା ଜିଲ୍ଲା ସମ୍ପାଦକ ଅନନ୍ତ ମଙ୍ଗରାଜ, ଗଞ୍ଜାମ ଜିଲ୍ଲା ସମ୍ପାଦକ ଯୁଧିଷ୍ଠିର ବେହେରା, କଟକ ଜିଲ୍ଲା ସମ୍ପାଦକ ବଦ୍ରିନାରାୟଣ ଦାଶ, ପୁରୀ ଜିଲ୍ଲା ସମ୍ପାଦକ ଜଗନ୍ନାଥ ଦେଓ, ନୟାଗଡ ଜିଲ୍ଲା ସମ୍ପାଦକ ଶରତ ବେହେରା, ଗଜପତି ଜିଲ୍ଲା ସମ୍ପାଦକ ଦଣ୍ଡପାଣି ରଇତ, ମାଲକାନାଗିରି ଜିଲ୍ଲା ସମ୍ପାଦକ ବ୍ରଜ ମାଝି, ଜଗତସିଂହପୁର ଜିଲ୍ଲା ସମ୍ପାଦକ ଲୋଭାକାନ୍ତ ସ୍ୱାଇଁ, କେନ୍ଦ୍ରାପଡା ଜିଲ୍ଲା ସମ୍ପାଦକ ଗୟାଧର ଧଳ, ଭଦ୍ରକ ଜିଲ୍ଲା ସମ୍ପାଦକମଣ୍ଡଳୀ ସଭ୍ୟ ଚନ୍ଦ୍ରଶେଖର ନାୟକ ପ୍ରମୁଖ ନେତୃବୃନ୍ଦ ବକ୍ତବ୍ୟ ରଖିଥିଲେ।

# ପଥର ଖଣିରୁ ଜେସିବି ଜବତ, ଚାଳକ ଗିରଫ

ଖୋର୍ଦ୍ଧା (ପିଏନ୍)- ବେଗୁନିଆ ଥାନା ଅନ୍ତର୍ଗତ ବାଲିବେରେଣୀ ନିକଟ ପଥର ଖଣିରୁ ପୁଲିସ ଏକ ଜେସିବି ଜବତ କରିବା ସହ ଚାଳକଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ବେଗୁନିଆ ଥାନା ଅଧିକାରୀ ଶମ୍ଭୁନାଥ ନାୟକଙ୍କ ସୂଚନା ଅନୁଯାୟୀ ବାଲିବେରେଣୀ ନିକଟରେ ଥିବା ଏକ ପଥର ଖଣିରୁ ଜେସିବି ସାହାଯ୍ୟରେ ପଥର ଖନନ କାର୍ଯ୍ୟ କରୁଥିବା ସମୟରେ ପୁଲିସ ଖବର ପାଇ ଘଟଣା ସ୍ଥଳରୁ ଜେସିବି ଜବତ କରିବା ସହ ଚାଳକକୁ ଗିରଫ କରି କୋର୍ଟ ଚାଲାଣ କରିଛି। ଚାଳକଙ୍କ ନାମ ସୁକାନ୍ତ ରଣସିଂହ ହୋଇଥିବା ବେଳେ, ତାଙ୍କର ଘର କୁଂଜୁରୀ ପଂଚାୟତର ବରପଦା ଗ୍ରାମରେ ବୋଲି ଜଣାଯାଇଛି।

# କବିବର ରାଧାନାଥ ରାୟଙ୍କ ଜୟନ୍ତୀରେ ଆଲୋଚନାଚକ୍ର, କବିତା ପାଠ ଓ ସମ୍ବର୍ଦ୍ଧନା



ଖୋର୍ଦ୍ଧା (ପିଏନ୍)- ସ୍ଥାନୀୟ ବକ୍ସି ଜଗବନ୍ଧୁ ନଗର ଗାୟତ୍ରୀ ମନ୍ଦିର ପରିସରରେ ଶ୍ରୀ ଜଗନ୍ନାଥ ସାହିତ୍ୟ ପରିଷଦ ପକ୍ଷରୁ କବିବର ରାଧାନାଥ ରାୟଙ୍କ ଜୟନ୍ତୀ ପାଳନ ଅବସରରେ ରାଧାନାଥଙ୍କ ଜୀବନୀ ଆଲୋଚନା ଚକ୍ର, କବିତା ପାଠ ଓ ସମ୍ମାନ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ ଐତିହାସିକ ସତ୍ୟବାଦୀ ବଳିଆରସିଂହଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ପ୍ରଫେସର ଡ଼. ଶରଚ୍ଚନ୍ଦ୍ର ମହାପାତ୍ର, 'ମାର୍ଗଦର୍ଶୀ'ର ସମ୍ପାଦକ ଉମାଶଙ୍କର ପ୍ରସାଦ, ଟ୍ରିପୁଲ ଏ ସ୍କୁଲର ନିର୍ଦ୍ଦେଶକ ଡ଼ାଃ ନନ୍ଦକିଶୋର ପଟ୍ଟନାୟକ, ନାଚୁଣୀ କଲେଜର ପ୍ରାକ୍ତନ ଅଧ୍ୟକ୍ଷ ସାହିତ୍ୟିକ ଡ଼. ସନ୍ତୋଷ କୁମାର ନାୟକ, ଶିକ୍ଷାବିତ୍ ଭୀମସେନ ପ୍ରଧାନ, ବିଶ୍ୱାମିତ୍ର ଜନସେବା ଟ୍ରଷ୍ଟର ଅଧ୍ୟକ୍ଷ ରାମଶଙ୍କର ପ୍ରମୁଖ ଅଂଶଗ୍ରହଣ କରି କହିଥିଲେ ଯେ, ଓଡ଼ିଆ ଭାଷାର ଦୁର୍ଦ୍ଦିନରେ ଫକୀରମୋହନଙ୍କ ସହ ମିଶି ରାଧାନାଥ ରାୟଙ୍କ ସାହିତ୍ୟକୃତି ଓଡ଼ିଆଙ୍କ ମନରେ ନବଉନ୍ମେଷ ତୋଳିଥିଲା। ତାଙ୍କ ରଚିତ ବିବେକୀ ଇତାଲୀୟ ଯୁବା, ମେଘଦୂତ,କେଦାର ଗୌରୀ, ଉଷା, ଚିଲିକା, ମହାଯାତ୍ରା, ଦରବାର, ତୁଳସୀସ୍ତବକ, ଉର୍ବଶୀ ଆଦି ଯୁଗ ଯୁଗ ଧରି ତାଙ୍କୁ ପ୍ରାତଃ ସ୍ମରଣୀୟ କରି ରଖିବ ବୋଲି ମତ ଦେଇଥିଲେ। ଏହି ଅବସରରେ ବିଶିଷ୍ଟ ପ୍ରାବନ୍ଧିକା ପ୍ରଫେସର ଡ଼. ସୁଚେତା ରାଉତଙ୍କୁ ଜଗନ୍ନାଥ ସାହିତ୍ୟ ପରିଷଦ ପକ୍ଷରୁ ମାନପତ୍ର ଉପଢୌକନ ସହ ସମ୍ବର୍ଦ୍ଧିତ କରାଯାଇଛି। ଅନ୍ୟମାନଙ୍କ ମଧ୍ୟରେ କୃଷ୍ଣଚନ୍ଦ୍ର ହରିଚନ୍ଦନ, ପ୍ରଫୁଲ୍ଲ କୁମାର ସାମନ୍ତରାୟ, ସୁବାସିନୀ ପଟ୍ଟନାୟକ, ଜ୍ୟୋତିପ୍ରଭା ପଟ୍ଟନାୟକ, ବିକ୍ରମ ଚମ୍ପତି, ପ୍ରସନ୍ନ କୁମାର ମଣ୍ଡଳ, ଦେବରାଜ ପ୍ରଧାନ, ଗୟା ପ୍ରସାଦ ମିଶ୍ର ପ୍ରମୁଖ ଅଂଶଗ୍ରହଣ କରିଥିଲେ। ଶ୍ରୀ ଜଗନ୍ନାଥ ସାହିତ୍ୟ ପରିଷଦର ସଭାପତି ଶିବସୁନ୍ଦର ପଟ୍ଟନାୟକ ସ୍ୱାଗତ ଭାଷଣ ଓ ସମ୍ପାଦିକା ବିମଳା ସିଂହ ଧନ୍ୟବାଦ ଦେଇଥିଲେ। କବି ଗୋବିନ୍ଦ ଚନ୍ଦ୍ର ମହାରଣାଙ୍କ ସଂଯୋଜନାରେ ସର୍ବଶ୍ରୀ ଦିବ୍ୟଲୋଚନ ଭାରିମଲ୍ଲ, ବିଳାସିନୀ ଦାଶ, ରାଜକିଶୋର କେଇ, କୈଳାସ ପୃଷ୍ଟି, ନନ୍ଦିନୀ ଦାଶ, ନାରାୟଣ ଦାସ, ଶ୍ରୀନିବାସ ପ୍ରଧାନ, ଜ୍ୟୋତି ରଂଜନ ସାହୁ, ଡ଼. ରଜନୀ ରଣସିଂହ, ଅଧ୍ୟାପିକା ଆରତି ସେନ ପ୍ରମୁଖ କବିତା ପାଠ କରିଥିଲେ। ଖୋର୍ଦ୍ଧା ସାହିତ୍ୟ ସଂସଦର ଉପସଭାପତି ଇତିଶ୍ରୀ ସାହୁ, ବାସୁଦେବ ସାହୁ, ବିଦ୍ୟାଧର ଲେଙ୍କା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ସମୁଦ୍ର ଭିତରେ ଗୁଳିମାଡ଼: ଜଣେ ମୃତ, ଦୁଇ ଆହତ

ବାଲେଶ୍ୱର (ପିଏନ୍)-ଚାନ୍ଦିପୁର ଥାନା ବଳରାମଗଡ଼ି ଅଞ୍ଚଳରେ ଗତକାଲି ଏକ ଅଭାବନୀୟ ଘଟଣା ଘଟିଛି। ଗୁଳିମାଡ଼ରେ ଜଣେ ମତ୍ସ୍ୟଜୀବୀଙ୍କର ମୃତ୍ୟୁ ହୋଇଥିବା ବେଳେ ଅନ୍ୟ ଦୁଇଜଣ ଆହତ ହୋଇଛନ୍ତି। କମଳାକାନ୍ତ ମାଝୀଙ୍କର ମୃତ୍ୟୁ ହୋଇଥିବା ବେଳେ ପଦ୍ମଲୋଚନ ମଲିକ ଗୁରୁତର ଆହତ ହୋଇଛନ୍ତି। ଅନ୍ୟ ଜଣେ ସାମାନ୍ୟ ଆହତ ହୋଇଥିବା ଜଣାପଡ଼ିଛି। ସୂଚନା ଅନୁଯାୟୀ ଗତକାଲି ସାତଜଣ ମତ୍ସ୍ୟଜୀବୀ ଜୟ ମା' ତାରିଣୀ ଡଙ୍ଗାରେ ସମୁଦ୍ରର କୁଡ଼ାକୁଟୀ ଓ ଗଦାନାଥ ମଝିରେ ଜାଲ ବିଛାଇ ମାଛ ମାରୁଥିଲେ। ଏହି ସମୟରେ ପ୍ରଚଣ୍ଡ ଶବ୍ଦ ହୋଇଥିଲା। ଡଙ୍ଗାରେ ବସିଥିବା କମଳାକାନ୍ତଙ୍କର ମୃତ୍ୟୁ ହୋଇଥିଲା ଓ ଡଙ୍ଗାର ମାଲିକ ପଦ୍ମଲୋଚନଙ୍କର ପିଠିରେ ଗଭୀର ଆଘାତ ଲାଗିଥିଲା। କମଳାକାନ୍ତ ଓ ପଦ୍ମଲୋଚନଙ୍କୁ ତୁରନ୍ତ ବାଲେଶ୍ୱର ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିବା ବେଳେ ଡ଼ାକ୍ତର କମଳାକାନ୍ତଙ୍କୁ ମୃତ ଘୋଷଣା କରିଥିଲେ। ଚାନ୍ଦିପୁର କ୍ଷେପଣାସ୍ତ୍ର ପରୀକ୍ଷା କେନ୍ଦ୍ରର ନିଶିଦ୍ଧାଞ୍ଚଳରେ ମାଛ ମାରୁଥିବା ବେଳେ ସେମାନେ ଦୁର୍ଘଟଣାର ଶିକାର ହୋଇଥିବା ଜଣାପଡ଼ିଛି।

# ସ୍କାଉଟ ଗାଇଡ୍‌ମାନଙ୍କ ଦ୍ୱାରା ଭୋଟର ସଚେତନତା ଶୋଭାଯାତ୍ରା



ଭୁବନେଶ୍ୱର (ପିଏନ୍): ରାଜ୍ୟ ମୁଖ୍ୟ କମିଶନର ଡଃ କାଳିପ୍ରସାଦ ମିଶ୍ରଙ୍କ ନିର୍ଦ୍ଦେଶକ୍ରମେ ରାଜ୍ୟ ନିର୍ବାଚନ ଆୟୋଗଙ୍କ ଦ୍ୱାରା ଆୟୋଜିତ ଭୋଟର ସଚେତନତା କାର୍ଯ୍ୟକ୍ରମ ଭୁବନେଶ୍ୱରର ବିଭିନ୍ନ ବିଦ୍ୟାଳୟରୁ ୨୦୦ରୁ ଊର୍ଦ୍ଧ୍ୱ ସ୍କାଉଟ, ଗାଇଡ୍, ରୋଭର ଓ ରେଞ୍ଜର ମିଳିତ ହୋଇ ଭୋଟର ସଚେତନତା ଶୋଭାଯାତ୍ରାରେ ସାମିଲ୍ ହୋଇଥିଲେ। ଏହି ଶୋଭାଯାତ୍ରା ମାଷ୍ଟରକ୍ୟାଣ୍ଟିନ୍ ଛକରୁ ବାହାରି ଯଥାକ୍ରମେ ପିଏମ୍‌ଜି ଛକ, ରବିନ୍ଦ୍ର ମଣ୍ଡପ, ପାୱାର ହାଉସ୍ ଛକ ଦେଇ ରାଜ୍ୟ ନିର୍ବାଚନ ଆୟୋଗ କାର୍ଯ୍ୟାଳୟ ପରିସରରେ ପହଞ୍ଚିଥିଲା। ଶୋଭାଯାତ୍ରାରେ ସ୍କାଉଟ, ଗାଇଡ୍, ରୋଭର ଓ ରେଞ୍ଜର ମାନେ ସଚେତନତା ସମ୍ପର୍କୀୟ ବିଭିନ୍ନ ପ୍ଲାକାର୍ଡ ଧରି ଜନସଚେତନତା ସୃଷ୍ଟି କରିବାର ପ୍ରୟାସ କରିଥିଲେ। ରାଜ୍ୟ ମୁଖ୍ୟାଳୟର ଯୁଗ୍ମ ସମ୍ପାଦକ ଶ୍ରୀ ମିହିର ରଞ୍ଜନ ପଟ୍ଟନାୟକଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟାଳୟର ବହୁ ଅଧିକାରୀ ଏବଂ ବିଦ୍ୟାଳୟମାନଙ୍କରୁ ଆସିଥିବା ସ୍କାଉଟ ମାଷ୍ଟର ଏବଂ ଗାଇଡ୍ କ୍ୟାପଟେନମାନେ ଶୋଭାଯାତ୍ରାରେ ଅଂଶଗ୍ରହଣ କରିଥିଲେ।

# ଏନ୍‌ଏଚଏଆଇ ଓ ଅଗ୍ରୱାଲ ଇନଫ୍ରା ବିଲଡ ପ୍ରାଇଭେଟ ଲିମିଟେଡ କଂପାନୀ ପକ୍ଷରୁ 'ସ୍ୱଚ୍ଛତା ହିଁ ସେବା' କାର୍ଯ୍ୟକ୍ରମ



ଭୁବନେଶ୍ୱର,(ପି.ଏନ): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଆହ୍ୱାନ କ୍ରମେ ଦେଶବ୍ୟାପୀ ବିଭିନ୍ନ ସଂଗଠନ ପକ୍ଷରୁ ସ୍ୱଚ୍ଛତା ହିଁ ସେବା କାର୍ଯ୍ୟକ୍ରମ ଜାରି ରହିଛି। ଏହି କ୍ରମରେ ଭୁବନେଶ୍ୱର ସ୍ଥିତ ଅଗ୍ରୱାଲ ଇନଫ୍ରା ବିଲଡ ପ୍ରାଇଭେଟ୍ ଲିମିଟେଡ କମ୍ପାନୀ ଓ ଏନ୍‌ଏଚଏଆଇ ତରଫରୁ ସ୍ୱଚ୍ଛତା ପଖୱାଡ଼ା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମ ଏମ୍ସ ଭୁବନେଶ୍ୱର ନିକଟ ସର୍ଭିସ୍ ରୋଡର ଉଭୟ ପାର୍ଶ୍ୱରେ ସ୍ୱଚ୍ଛତା ଅଭିଯାନ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ବିରେନ୍ଦ୍ର ସିଂ ଆରଓ ଓଡ଼ିଶା, ପିକେ.ସିଂ ପିଡି ବ୍ରହ୍ମପୁର ଏନ୍‌ଏଚଏଆଇ, ଏଆଇପିଏଲ, ଏଭିପି, ବି.ରାମଚନ୍ଦ୍ରନ୍ ଏବଂପରମେଶ୍ୱର ମିଶ୍ର ସେଫ୍ଟି ମ୍ୟାନେଜର, ଏଚ୍ ମ୍ୟାନେଜର ରାଜେଶ କୁମାର ଶର୍ମାଙ୍କ ସହ ୧୦୦ରୁ ଅଧିକ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ। ସୂଚନାଯୋଗ୍ୟ ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ସେପ୍ଟେମ୍ବର ମାସର ମନ୍ କି ବାତ ଅବସରରେ ଦେଶବାସୀଙ୍କୁ ଉଦ୍‌ବୋଧନ ଦେଇ କହିଥିଲେ ଯେ, ସ୍ୱଚ୍ଛତା ମାଧ୍ୟମରେ ଆମେ ଜାତିର ପିତା ମହାତ୍ମା ଗାନ୍ଧୀଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା। ନିଜେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ମଧ୍ୟ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇ ସଫେଇ କାର୍ଯ୍ୟ କରିଥିଲେ। ଦେଶବ୍ୟାପୀ ସମସ୍ତ ସରକାରୀ ସଂସ୍ଥା, ସ୍କୁଲ, କଲେଜ, ସ୍ୱେଚ୍ଛାସେବୀ ସଂଗଠନ ପକ୍ଷରୁ ଏହି କାର୍ଯ୍ୟକ୍ରମ ଜାରି ରହିଛି।




# ଆର୍.ଆର୍.ଟି.ସି ପକ୍ଷରୁ ବିଶ୍ୱ ବରିଷ୍ଠ ନାଗରିକ ଦିବସ ପାଳନ ଅବସରରେ ଆଠ ଦିନିଆ ୱେବିନାର ବ୍ୟୋଜ୍ୟେଷ୍ଠ ବ୍ୟକ୍ତିଙ୍କ ଦ୍ୱାରା ଉଦଘାଟିତ

ଭୁବନେଶ୍ୱର(ପିଏନ)- ଆଜି ଏନ୍.ଆର୍.ସି.ଡବ୍ଲ୍ୟୁ.ଡି ଦ୍ୱାରା ପରିଚାଳିତ ଆର୍.ଆର୍.ଟି.ସି ତରଫରୁ ସାମାଜିକ ନ୍ୟାୟ ଓ ଅଧିକାରିତା ମନ୍ତ୍ରାଳୟ, ଭାରତ ସରକାରଙ୍କ ସହଯୋଗରେ ଭୁବନେଶ୍ୱରସ୍ଥ ଆର୍.ଆର୍.ଟି.ସି ସଭାଗୃହରେ ବିଶ୍ୱ ବରିଷ୍ଠ ନାଗରିକ ଦିବସ ପାଳନ ଅବସରରେ ପଦ୍ମଶ୍ରୀ ଡକ୍ଟର ପ୍ରଫୁଲ୍ଲ କୁମାର ଜେନା ଓ ଡକ୍ଟର ସେବା ମହାପାତ୍ରଙ୍କ ଦ୍ୱାରା ଆନୁଷ୍ଠାନିକ ଭାବେ ଗୁଗୁଲ୍ ମିଟ୍ ଜରିଆରେ ଆଠଦିନିଆ ୱେବିନାର୍ ଶୁଭ ଉଦ୍‌ଘାଟିତ ହୋଇଯାଇଛି । ଉକ୍ତ ୱେବିନାର୍‌ରେ ଅନ୍ୟୁନ ୪୦ରୁ ୫୦ ଲୋକ ଯଥା ବ୍ୟୋଜ୍ୟେଷ୍ଠ ବ୍ୟକ୍ତି, ସ୍ୱେଚ୍ଛାସେବୀ ସଙ୍ଗଠନର କର୍ମକର୍ତା, ବରିଷ୍ଠ ନାଗରିକ ବାସସ୍ଥାନର ଅନ୍ତେବାସୀଗଣ, ସାମାଜିକ କର୍ମୀ, ଗଣମାଧ୍ୟମ ପ୍ରତିନିଧିବୃନ୍ଦ, ସରକାରୀ କର୍ମଚାରୀ ବୃନ୍ଦ, ସ୍ୱେଚ୍ଛାସେବୀମାନେ ଅଂଶଗ୍ରହଣ କରିଥିଲେ । ଆୟୋଜିତ ହୋଇଥିବା ଏହି ୱେବିନାର୍‌ରେ ମୁଖ୍ୟ ଅତିଥି ଭାବେ ପଦ୍ମଶ୍ରୀ ଡଃ ପ୍ରଫୁଲ୍ଲ କୁମାର ଜେନା ଯୋଗଦାନ କରିଥିବା ବେଳେ ଡକ୍ଟର ସେବା ମହାପାତ୍ର ମୁଖ୍ୟବକ୍ତା ଭାବେ ଯୋଗ ଦେଇଥିଲେ । ଏହି ଅବସରରେ ଡକ୍ଟର ଜେନା କହିଲେ ଯେ, ସେ ୯୦ ବର୍ଷରେ ପହଂଚିଥିଲେ ମଧ୍ୟ ଏବେ ବୈଦିକ ଓ ଦୈନିକ କାର୍ଯ୍ୟକ୍ରମରେ ନିଜର ଅଭ୍ୟାସ ଅବ୍ୟାହତ ରଖିଛନ୍ତି । ଏତଦ୍ ବ୍ୟତୀତ ସେ ଗୁରୁତ୍ୱର ସହ କହିଥିଲେ ଯେ, ବରିଷ୍ଠ ନାଗରିକଙ୍କର ଅଭିଜ୍ଞତାକୁ ପାଥେୟ କରି ସାମାଜିକ ସେବା, ଜ୍ଞାନକୌଶଳର ବିକାଶ, ସ୍ୱାସ୍ଥ୍ୟସେବା, ଶିକ୍ଷାପ୍ରଦାନ, ବୃକ୍ଷରୋପଣ ଆଦି କାର୍ଯ୍ୟରେ ନିୟୋଜିତ କରାଯିବା ଉଚିତ୍ । ୬୦ବର୍ଷରେ ଅବସର ଗ୍ରହଣ କଲେ ମଧ୍ୟ ବହୁ ବରିଷ୍ଠ କର୍ମଚାରୀ ଆଗକୁ କାମ କରିବାର ଦକ୍ଷତା ଥିବାଯୋଗୁଁ ସେମାନଙ୍କୁ ବିଭିନ୍ନ କାର୍ଯ୍ୟରେ ନିୟୋଜିତ କରିବା ଉଚିତ୍ । ଠିକ୍ ସେହିପରି ଡକ୍ଟର ମହାପାତ୍ର ଅବଗତ କରାଇଥିଲେ ଯେ, ସମଗ୍ର ବିଶ୍ୱରେ ୨୦୫୦ମସିହା ସୁଦ୍ଧା ବରିଷ୍ଠନାଗରିକଙ୍କ ସଂଖ୍ୟା ୧୫୦କୋଟିରେ ପହଂଚିବ । ଏପରି ଆକଳନରୁ ଜଣାଯାଉଛି ଯେ, ୨୦୫୦ମସିହା ବେଳକୁ ବରିଷ୍ଠନାଗରିକଙ୍କ ସଂଖ୍ୟା ଭାରତବର୍ଷରେ ମୋଟ୍ ଜନସଂଖ୍ୟାର ଶତକଡା ୨୦ପ୍ରତିଶତ ବୃଦ୍ଧି ପାଇବ । ଏହାଛଡା କୋଭିଡ୍ ମହାମାରୀ ସମୟରେ ବରିଷ୍ଠ ନାଗରିକମାନଙ୍କର ଯଥେଷ୍ଟ ସ୍ୱାସ୍ଥ୍ୟର ଯତ୍ନର ଆବଶ୍ୟକତା ରହିଛି ବୋଲି ସେ ଗୁରୁତ୍ୱାରୋପ କରିଥିଲେ । ଏଠାରେ ପ୍ରକାଶ ଯୋଗ୍ୟ ଯେ, ଭାରତ ସରକାରଙ୍କ ସାମାଜିକ ନ୍ୟାୟ ଓ ଅଧିକାରିତା ମନ୍ତ୍ରାଳୟର ଅତିରିକ୍ତ ସଚିବ ଶ୍ରୀମତୀ ଉପମା ଶ୍ରୀବାସ୍ତବ ସମ୍ମାନୀତ ଅତିଥିଭାବେ ଯୋଗ ହେବାର କାର୍ଯ୍ୟକ୍ରମ ଥିଲା ମାତ୍ର କିଛି ଯାନ୍ତ୍ରିକ ତୃଟି ଯୋଗୁଁ ସେ ଆଜିର କାର୍ଯ୍ୟକ୍ରମରେ ଯୋଗ ଦେଇ ପାରି ନ ଥିଲେ କିନ୍ତୁ ଆସନ୍ତା କାଲିର କାର୍ଯ୍ୟକ୍ରମରେ ସେ ଯୋଗ ଦେବେ ବୋଲି ନିର୍ଭର ପରତିଶୃତି ଦେଇଛନ୍ତି । ଏହି ୱେବିନାର୍ ଦୀର୍ଘ ଆଠ ଦିନ ଧରି ପ୍ରତ୍ୟହ ପୂର୍ବାହ୍ନ ୧୧ଟାରୁ ଦିବା ୧ଘଟିକା ପର୍ଯ୍ୟନ୍ତ ଗୁଗୁଲ୍ ମିଟ୍ ଜରିଆରେ ବରିଷ୍ଠ ନାଗରିକଙ୍କ ବିଭିନ୍ନ ମୁଦ୍ଦାକୁ ନେଇ ଅଭିଜ୍ଞ ରିସୋର୍ସ ପର୍ସନମାନଙ୍କ ଦ୍ୱାରା ଆଲୋଚନା କରାଯିବ । ଏହି ଆଲୋଚନାରେ ଭାଗ ନେବାକୁ ଚାହୁଁଥିବା ବ୍ୟକ୍ତିମାନେ ନିମ୍ନୋକ୍ତ ଲିଙ୍କ୍‌ରେ ଯୋଗ ଦେବାକୁ ଅନୁରୋଧ । ଲିଙ୍କ୍‌ଟି ହେଉଛି- https://meet.google.com/mfz-zcin-vpg । ଏହି କାର୍ଯ୍ୟକ୍ରମକୁ ବରିଷ୍ଠ ସାମ୍ବାଦିକ ତଥା ସ୍ତମ୍ଭକାର ଶ୍ରୀଯୁକ୍ତ ନାଗେଶ୍ୱର ପଟ୍ଟନାୟକ ସଂଚାଳନ କରିଥିଲେ ଓ ଆଶା ପ୍ରକାଶ କରି କହିଥିଲେ ଯେ, ଭାରତ ସରକାର ଆଣୁଥିବା ନୂତନ ନାଗରିକ ନୀତି ନିଶ୍ଚୟ ପ୍ରଗତିଶୀଳ ହେବ । ଏହି ୱେବିନାର୍‌ରେ ଆଲୋଚିତ ହେବାକୁ ଥିବା ବିଷୟବସ୍ତୁ ଗୁଡିକୁ ଆଗାମୀ ସାତ ଦିନରେ ବରିଷ୍ଠ ଆଇନଜିବୀ ସଂଜିବ୍ ରାଉତ, ସିଦ୍ଧାର୍ଥ ଦାସ, ହେଲପ୍ ଏଜ୍ ଇଣ୍ଡିଆର ରାଜ୍ୟ ମୁଖ୍ୟ ଶ୍ରୀମତୀ ଭାରତୀ ଚକ୍ର, ବିଶିଷ୍ଟ ମନୋତତ୍ତ୍ୱବିଦ୍ ଡକ୍ଟର ପ୍ରକାଶ ରଥ, ଡକ୍ଟର ଅରବିନ୍ଦ ମହାନ୍ତି, ଡକ୍ଟର ହରିଶ୍ ଚୌଧୁରୀ, ଡକ୍ଟର ଅମୃତ୍ ପଟ୍ଟଯୋଶୀ, ଡକ୍ଟର ବିଶ୍ୱଭୂଷଣ ପ୍ରଧାନ, ଡକ୍ଟର ଅମ୍ଳାନ୍ ମାଇତି, ଡକ୍ଟର ଝରଣା ସ୍ୱାଇଁ, ବରିଷ୍ଠ ରାଜନୀତି ବିଜ୍ଞାନୀ ତଥା ପ୍ରଫେସର୍ ସୂର୍ଯ୍ୟନାରାୟଣ ମିଶ୍ର, ଅବସରପ୍ରାପ୍ତ ଆଇ.ଏ.ଏସ୍ ଅଫିସର୍ ଶ୍ରୀ ଯୁଗଳ କିଶୋର ମହାପାତ୍ର ଓ ଶ୍ରୀ ବିବେକ ପଟ୍ଟନାୟକ, ବରିଷ୍ଠ ସମାଜସେବୀ ଇମ୍ରାନ୍ ଅଲ୍ଲୀ ଓ ଶ୍ରୀମତୀ ଗୀତା ପ୍ରହରାଜ ପ୍ରମୁଖ ରିସୋର୍ସ ପର୍ସନ ଭାବେ ଆଲୋଚନାରେ ଅଂଶଗ୍ରହଣ କରି ଅତି ପ୍ରାଞ୍ଜଳ ଭାବେ ବିଷୟଗୁଡିକୁ ଅଂଶଗ୍ରହଣକାରୀଙ୍କ ସମ୍ମୁଖରେ ଉପସ୍ଥାପନ କରିବେ ବୋଲି ନିର୍ଭର ପ୍ରତିଶୃତି ଦେଇଛନ୍ତି । ଏହି ୱେବିନାର୍‌ରେ ଅଧିକ ସଂଖ୍ୟାରେ ଭାଗ ନେଇ ୱେବିନାର୍‌କୁ ସଫଳ କରିବାକୁ ଆୟୋଜକ ଆଶା ପ୍ରକାଶ କରିଛନ୍ତି । ଶେଷରେ ଏନ୍.ଆର୍.ସି ଡବ୍ଲ୍ୟୁ.ଡିର ସମ୍ପାଦକ ଶ୍ରୀଯୁକ୍ତ ସୁକାନ୍ତ ପରିଡା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିବା ବେଳେ ଆର୍.ଆର୍.ଟି.ସିର ପ୍ରକଳ୍ପ ସଂଯୋଜିକା ବାସନ୍ତୀ ବେହେରା ୱେବିନାର୍‌କୁ ସୁଚାରୁରୂପେ ପରିଚାଳନା କରିଥିଲେ ।







## ପୁରୀ-ଅହମ୍ମଦାବାଦ ସ୍ପେଶାଲ ଶ୍ରମିକ ଟ୍ରେନ୍ ରେ ବ୍ରହ୍ମପୁରରୁ ସୁରତ ଯାତ୍ରା କଲେ ୧୪୩୯ ଯାତ୍ରୀ

ଗଞ୍ଜାମ, (ପିଏନ)- ପୁରୀ-ଅହମ୍ମଦାବାଦ ସ୍ପେଶାଲ ଶ୍ରମିକ ଟ୍ରେନ୍ ଗତକାଲି ରାତି ୮ଟା ରେ ବ୍ରହ୍ମପୁର ଷ୍ଟେସନରେ ପହଂଚିଥିଲା । ପୂର୍ବରୁ ଟ୍ରେନ୍ କୁ ଅପେକ୍ଷା କରିଥିବା ଶହସ୍ରାଧିକ ଯାତ୍ରୀ ଟ୍ରେନ୍ ରେ ଚଢ଼ିଥିଲେ । ମୁଖ୍ୟତଃ ସୁରତ ଯିବାକୁ ଚାହୁଁଥିବା ପ୍ରବାସୀ ଶ୍ରମିକ ମାନେ ମହିଳା ଓ ପିଲାଛୁଆଙ୍କ ସହିତ ସଂରକ୍ଷିତ ଟିକେଟ୍ କରି ଟ୍ରେନ୍ ରେ ଚଢ଼ିଥିଲେ । ବ୍ରହ୍ମପୁର ଷ୍ଟେସନ ମ୍ୟାନେଜର ଦୁର୍ଗାପ୍ରସାଦ ବ୍ରହ୍ମାଙ୍କ ସୂଚନା ମୁତାବକ ମୋଟ୍ ୧୪୩୯ ଯାତ୍ରୀ ଏହି ଟ୍ରେନ୍ ରେ ବ୍ରହ୍ମପୁର ଷ୍ଟେସନରୁ ଯାତ୍ରା କରିଛନ୍ତି । ଥର୍ମାଲ୍ ସ୍କ୍ରିନିଂ, ସାମାଜିକ ଦୂରତା, ମାସ୍କ ପରିଧାନ, ବିଶୋଧନ ଆଦି ପ୍ରତି ବିଶେଷ ଧ୍ୟାନ ରଖାଯାଇଛି ବୋଲି କହିଛନ୍ତି ଷ୍ଟେସନ୍ ମ୍ୟାନେଜର । ଦୀର୍ଘ ୪ ମାସ ପରେ ଏହି ପ୍ରବାସୀ ଶ୍ରମିକମାନେ ପୁଣି ଥରେ କର୍ମସଂସ୍ଥାନ ପାଇଁ ଗୁଜୁରାଟ ତଥା ସୁରତ ଅଭିମୁଖେ ଯାତ୍ରା କରୁଥିବାରୁ ଗଞ୍ଜାମ ଜିଲ୍ଲା ବିଜେପି ପକ୍ଷରୁ ଯାତ୍ରୀ ମାନଙ୍କୁ ଶୁଭକାମନା ଜ୍ଞାପନ କରାଯାଇଥିଲା ।

## ବିଶିଷ୍ଟ କର୍ମଚାରୀ ନେତା ଅକ୍ଷୟ ମହାକୁଡ଼ଙ୍କ ପଂଚମ ବାର୍ଷିକ ଶ୍ରାଦ୍ଧୋତ୍ସବ ପାଳିତ

ଭୁବନେଶ୍ୱର, (ପିଏନ)- ଓଡ଼ିଶା ସଚିବାଳୟ ଅମଲାସଂଘ, ଓଡ଼ିଶା ସଚିବାଳୟ ସେବାସଂଘର ପୂର୍ବତନ ସାଧାରଣ ସମ୍ପାଦକ, ସଚିବାଳୟ କର୍ମଚାରୀ ମହାସଂଘର ମହାସଚିବ, ଓଡ଼ିଶା ଶିକ୍ଷକ କର୍ମଚାରୀ ମିଳିତମଂଚର ସଂଯୋଜକ ଏବଂ ଡିଏଭି ପବ୍ଲିକ୍ ସ୍କୁଲ୍ ଅଭିଭାବକ ଆନ୍ଦୋଳନର କର୍ଣ୍ଣଧାର, ନିର୍ଭୀକ ଲଢୁଆ କର୍ମଚାରୀ ନେତା ସ୍ୱର୍ଗତ ଅକ୍ଷୟ କୁମାର ମହାକୁଡଙ୍କ ପଂଚମ ବାର୍ଷିକୀ ଶ୍ରାଦ୍ଧୋତ୍ସବ ଭୁବନେଶ୍ୱର ଓସା ହାଉସ୍‌ରେ ଚିତରଂଜନ ହୋତାଙ୍କ ଅଧ୍ୟକ୍ଷତାରେ ସାମାଜିକ ଦୂରତା ଅବଲମ୍ବନ କରାଯାଇ ଆଜି ମଧ୍ୟାହ୍ନରେ ପାଳିତ ହୋଇଯାଇଅଛି । ଏହି ଅବସରରେ ଓଡ଼ିଶା ସଚିବାଳୟ ସେବାସଂଘ ସାଧାରଣ ସମ୍ପାଦକ ବିବେକାନନ୍ଦ ସାମଲ୍, କର୍ମଚାରୀ ସଙ୍ଗଠକ ସୁବାସ ଷଡ଼ଙ୍ଗୀ, ଗିରିଜା ଶଙ୍କର ଦାସ, ମନୋରଞ୍ଜନ ଦାସ, ପ୍ରଶାନ୍ତ ନାୟକ, ବିଚିତ୍ରାନନ୍ଦ ଦାସ, ଶ୍ରୀକାନ୍ତ ରାଉତ, ପ୍ରଦୀପ୍ତ ସାମନ୍ତରାୟ, ମନୋରଞ୍ଜନ ମଲ୍ଲିକ, ସନ୍ତୋଷ ଦାଶ, ଅଭୟ ମହାନ୍ତି, ରାମ ମହାନ୍ତି, ଲକ୍ଷ୍ମୀଧର ବେହେରା ପ୍ରମୁଖ ସ୍ୱର୍ଗତ ମହାକୁଡଙ୍କ ତୈଳଚିତ୍ରରେ ପୁଷ୍ପମାଲ୍ୟ ପ୍ରଦାନ ସହ ଦୀପଦାନ କରିଥିଲେ । ଦୁଇ ମିନିଟ୍ ନିରବ ପ୍ରାର୍ଥନା ମାଧ୍ୟମରେ ସ୍ୱର୍ଗତ ନେତାଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ସହିତ ତାଙ୍କ ସଂଗ୍ରାମ, ତ୍ୟାଗ ନୂତନ କର୍ମଚାରୀମାନଙ୍କୁ ଦିଗ୍‌ଦର୍ଶନ ଦେବ ବୋଲି ମତବ୍ୟକ୍ତ କରିଥିଲେ ।

### ୨ବର୍ଷର ଝିଅ ଦେହରେ ୨୮ ଥର ବ୍ୟାଣ୍ଡେଜ ଘଟଣା

## ଚିକିତ୍ସା ପାଇଁ ପ୍ରଶାସନର ପ୍ରସ୍ତୁତି ଆରମ୍ଭ

କନ୍ଧମାଳ,(ପିଏନ)- ଦାରିଙ୍ଗବାଡ଼ି ବ୍ଲକ ହାତୀମୁଣ୍ଡା ପଂଚାୟତ ଅର୍ନ୍ତଗତ ଡାହୁ ଗ୍ରାମର ୨ବର୍ଷର ଝିଅ ସାଲୁନିକା ପ୍ରଧାନ । ଜନ୍ମ ହେବାର ୧୩ଦିନ ପର ଠାରୁ ଝିଅକୁ କେହି ଧରିଲେ ଦେହର ହାଡ଼ଗୁଡ଼ିକ ଭାଙ୍ଗିଯାଉଛି । ସେଥିପାଇଁ ୨ବର୍ଷର ଝିଅର ହାତ, ଗୋଡ଼ ସମେତ ଶରୀରର ବିଭିନ୍ନ ଅଙ୍ଗରେ ୨୮ଟି ବ୍ୟାଣ୍ଡେଜ୍ ପଡ଼ିଛି । ଏନେଇ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଇବା ପରେ ସାଲୁନିକାର ସମସ୍ତ ଚିକିତ୍ସା ମାଗଣାରେ କରିବା ପାଇଁ କଟକ ଜିଲ୍ଲା ଓଲଟପୁର ସ୍ଥିତ ସ୍ୱାମୀ ବିବେକାନନ୍ଦ ଜାତୀୟ ପୁର୍ନବାସ ପ୍ରଶିକ୍ଷଣ ଓ ଅନୁସନ୍ଧାନ ସଂସ୍ଥା(ନିରତାର୍) ନିଜ ତରଫରୁ ଏନେଇ କନ୍ଧମାଳ ଜିଲ୍ଲା ପ୍ରଶାସନକୁ ଚିଠି ଲେଖିଛନ୍ତି । ନିରତାର୍‌ର ନିର୍ଦ୍ଦେଶକ ଡାକ୍ତର ଶକ୍ତି ପ୍ରସାଦ ଦାସ ସାଲୁନିକାର ଏଭଳି ବିରଳ ରୋଗ ସମ୍ପର୍କରେ ଗଣମାଧ୍ୟମରୁ ଜାଣିବା ପରେ ସଂସ୍ଥାର ବୈଷୟିକ ନିର୍ଦ୍ଦେଶକ କିଶୋର ଚନ୍ଦ୍ର ମହାପାତ୍ରଙ୍କ ସହିତ ଆଲୋଚନାକରିଥିଲେ । ଏହାପରେ ସେ ଫୁଲବାଣୀ ଜିଲ୍ଲା ଭିନ୍ନକ୍ଷମ ଥଇଥାନ କେନ୍ଦ୍ର(ଡିଡିଆରସି)ର ଅଧିକ୍ଷକ ଅକ୍ଷୟ କୁମାର ପଣ୍ଡାଙ୍କ ସହିତ ଯୋଗାଯୋଗ କରି ସାଲୁନିକାକୁ ଓଲଟପୁରକୁ ପଠାଇବାର ବ୍ୟବସ୍ଥା କରିବାକୁ ଅନୁରୋଧ କରିଥିଲେ । ପରେ ସେ କନ୍ଧମାଳ ଜିଲ୍ଲାପାଳଙ୍କୁ ମଧ୍ୟ ଏକ ଚିଠିଲେଖି ପୀଡ଼ିତା ଝିଅକୁ ସଂସ୍ଥାକୁ ପଠାଇଲେତାହାର ଚିକିତ୍ସା ସଂସ୍ଥା ତରଫରୁ ସମ୍ପୁର୍ଣ୍ଣ ମାଗଣାରେ କରାଯିବ ବୋଲି କହିଛନ୍ତି । ସଂସ୍ଥା ଠାରୁ ଚିଠି ପାଇବା ପରେ ଜିଲ୍ଲାପାଳ ମଧ୍ୟ ତୁରନ୍ତ ତତ୍ପରତା ପ୍ରକାଶ କରି ଜିଲ୍ଲା ଚିକିତ୍ସାଧିକାରୀଙ୍କୁ ପଦକ୍ଷେପ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ରାଷ୍ଟ୍ରୀୟ ବାଲ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ଜରିଆରେ ଖୁବ ଶୀଘ୍ର ପୀଡ଼ିତା ଝିଅ ସାଲୁନିକାକୁ ଓଲଟପୁର ସ୍ଥିତ ନିରତାର୍ କୁ ପଠାଇବା ବ୍ୟବସ୍ଥା କରୁଥିବା ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ ରାଜଶ୍ରୀ ପଟ୍ଟନାୟକ ସୂଚନା ଦେଇଛନ୍ତି । ଏଭଳି ସ୍ଥଳେ ଆସନ୍ତା ସୋମବାର କିମ୍ବା ମଙ୍ଗଳବାର ଦିନ ସାଲୁନିକାର ଚିକିତ୍ସା ପାଇଁ କଟକ ସ୍ଥିତ ଓଲଟପୁରକୁ ନିଆଯିବ ବୋଲି ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

## ୩ ବର୍ଷ ହେଲା ଭାଙ୍ଗି ଯାଇଥିବା କସଲକୋଣ୍ଡା ବ୍ରିଜ ଓ ରାସ୍ତା ମରାମତି ପାଇଁ ଦାବୀ

ମାଲକାନଗିରି, (ପିଏନ)-ଗତ ୩ ବର୍ଷ ତଳେ ମାଲକାନଗିରି ଜିଲ୍ଲା କାଲିମେଲା ବ୍ଲକ ଚିନ୍ତଲବାଡା ପଂଚାୟତ କସଲକୋଣ୍ଡା ଗାଁ ମୁଖ୍ୟ ରାସ୍ତା କୁ ସଂଯୋଗ କରୁଥିବା ଗମ୍ପାକୋଣ୍ଡା କେନାଲ ରାସ୍ତାରୁ ଯାଇଥିବା ଗ୍ରାମ୍ୟ ଉନ୍ନୟନ ବିଭାଗ ର ରାସ୍ତା ଓ ବ୍ରିଜ ଧୋଇହୋଇଯାଇଥିଲା । ହେଲେ ଆଜି ପ୍ରଯ୍ୟନ୍ତ ଉକ୍ତ ବ୍ରିଜ ନିର୍ମାଣ କରାଯାଇନଥିବାରୁ ଏହି ରାସ୍ତାଦେଇ ଯାଉଥିବା ଲୋକ ମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ବ୍ରିଜ ର ଅବସ୍ଥା ଅତ୍ୟନ୍ତ ଶୋଚନୀୟ ହୋଇ ପଡ଼ିଥିବାରୁ ଏହି ରାସ୍ତାଦେଇ ଚାଲିଚାଲି ଯିବା କଷ୍ଟକର ହୋଇପଡୁଛି ।

ପ୍ରକାଶ ଥାଉକି ଗମ୍ପାକୋଣ୍ଡା ମୁଖ୍ୟ କେନାଲ ରୁପୁରୁଣା ପଂଚାୟତ ଅଫିସ ପର୍ଯ୍ୟନ୍ତ ପ୍ରାୟ ୨ କିମି ରାସ୍ତା ବର୍ଷାରେ ଧୋଇହୋଇଯାଇଛି । ଏହି ରାସ୍ତାର ମଧ୍ୟ ଭାଗରେ କସଲ କୋଣ୍ଡା ନାଳ ରହିଛି, ଯାହାର ଲମ୍ବ ୧ ୫ ମିଟର । ଉକ୍ତ ରାସ୍ତା ଚିନ୍ତଲବାଡା ଓ ଗୁମୁକା ପଂଚାୟତକୁ ସଂଯୋଗ କରୁଥିବାରୁ ବହୁ ଲୋକ ସୁବିଧାରେ ଯାତାୟାତ କରୁଥିଲେ । ତେବେ ୩ ବର୍ଷ ଧରି ରାସ୍ତା ଓ ବ୍ରିଜ ମରାମତି ହୋଇନଥିବାରୁ କସଲକୋଣ୍ଡା, ସିନ୍ଧିଗୁଡା, ଏବଂ ନିକଟରେ ଥିବା ଅନ୍ୟ ୬ ଟି ଗାଁ ର ଶତାଧିକ ଲୋକ ନାହିଁ ନଥିବା ଦୁର୍ଦ୍ଦଶା ଭୋଗୁଛନ୍ତି । ସାଧାରଣତଃ କାହାର ଦେହ ଖରାପ ହେଲେ ରୋଗୀ, ଗର୍ଭବତୀଙ୍କୁ ଚିକିତ୍ସାଳୟ ନେବାକୁ ଗାଁ ନିକଟକୁ ଆମ୍ବୁଲାନ୍ସ ଆସିପାରେନାହିଁ ! ଫଳରେ ରୋଗୀଙ୍କୁ ଖଟିଆରେ ବୋହିବାକୁ ପଡିଥାଏବୋଲି କସଲକୋଣ୍ଡା ଗ୍ରାମର ୱାର୍ଡ ମେମ୍ବର ଈରମେ କବାସୀ କହିଛନ୍ତି । ମରାମତି ପାଇଁ ପ୍ରଶାସନ ପାଖରେ ଅଞ୍ଚଳବାସୀ ବାରମ୍ବାର ଦାବି କରିଆସୁଥିଲେ ସୁଦ୍ଧା କେହି ଶୁଣୁ ନ ଥିବା ପଂଚାୟତବାସୀ ଅଭିଯୋଗ କରିଛନ୍ତି ! ଜିଲ୍ଲା ପ୍ରଶାସନ ପକ୍ଷରୁ ତୁରନ୍ତ ଏଥିପ୍ରତି ଦୃଷ୍ଟି ଦେବାପାଇଁ ଦାବୀ ହେଉଛି !

### ବିବାହର ପ୍ରତିଶ୍ରୁତି ଦେଇ ମାସମାସ ଧରି ଯୁବତୀଙ୍କୁ ଦୁଷ୍କର୍ମ

## ୬ମାସର ଗର୍ଭବତୀ ପରେ ସଂପୃକ୍ତ ଯୁବକ ଫେରାର, ଦୈତାରୀ ଥାନାରେ ଏତଲା

ହରିଚନ୍ଦନପୁର, (ପିଏନ) ବିବାହର ପ୍ରତିଶ୍ରୁତି ଓ ବିଭିନ୍ନ ପ୍ରଲୋଭନ ଦେଖାଇ ମାସମାସ ଧରି ଯୁବତୀଙ୍କ ସହ ଦୁଷ୍କର୍ମ, ୬ମାସର ଗର୍ଭବତୀ ହେବା ପରେ ସଂପୃକ୍ତ ଯୁବକ ଫେରାର ହୋଇଯାଇଥିବା ନେଇ ଦୈତାରୀ ଥାନାରେ ଲିଖିତ ଅଭିଯୋଗ ହୋଇଛି । ଖବର ଅନୁଯାୟୀ କେନ୍ଦୁଝର ଜିଲ୍ଲା ହରିଚନ୍ଦନପୁର ବ୍ଲକ ଦୈତାରୀ ଥାନା ଅନ୍ତର୍ଗତ ଆଲୁତୁମା ଗ୍ରାମର ଯାତ ଦେହୁରୀଙ୍କ ଝିଅ (ଛଦ୍ମନାମ) ଜମୁନା(୧୮)ଙ୍କ ସହ ଗ୍ରାମର ଝଂପିତାମ୍ବର ଦେହୁରୀଙ୍କ ପୁଅ ସୁଶାନ୍ତ ଦେହୁରୀ ପ୍ରେମ ସମ୍ପର୍କ ରଖିଥିଲେ । ପରେ ବିବାହର ପ୍ରତିଶ୍ରୁତି ଓ ବିଭିନ୍ନ ପ୍ରଲୋଭନ ଦେଖାଇ ଯୁବତୀଙ୍କୁ ଦୀର୍ଘ ମାସ ଧରି ଦୁଷ୍କର୍ମ କରିଥିଲେ । ଯୁବତୀ ଜଣଙ୍କ ଗର୍ଭବତୀ ହେବା ପରେ ଯୁବକଙ୍କୁ ଘଟଣା ସମ୍ପର୍କରେ ଜଣାଇବା ପରେ ଯୁବକ ଜଣଙ୍କ ଫେରାର୍ ହୋଇଯାଇଥିଲେ । ଯୁବକ ଜଣଙ୍କ ଫେରାର୍ ହୋଇଯିବା ନେଇ ପୀଡ଼ିତା ଜଣଙ୍କ କିଛି ଉପାୟ ନପାଇ ମାଆ ଗୁଣ୍ଠି ଦେହୁରୀଙ୍କୁ ଘଟଣା ସମ୍ପର୍କ ସବୁ କଥା ଜଣାଇଥିଲେ । ଝିଅ ଠାରୁ ସମସ୍ତ ଘଟଣା ସମ୍ପର୍କରେ ଜାଣିବା ପରେ ସମାଧାନ ନିମନ୍ତେ ଗ୍ରାମର ଭଦ୍ର ଲୋକଙ୍କ ଏକ ସଭା ବସିଥିଲା । ହେଲେ ଉକ୍ତ ସଭାରେ ଉଚିତ୍ ନ୍ୟାୟ ମିଳିବା ଭଳି କୌଣସି ସମାଧାନ ବାଟ ବାହାରିନଥିଲା । ଶେଷରେ କିଛି ଉପାୟ ନପାଇ ନ୍ୟାୟ ଆଶାରେ ପରିବାର ସହ ପୀଡ଼ିତା ଦୈତାରୀ ଥାନା ଦ୍ୱାରସ୍ଥ ହୋଇ ଏକ ଲିଖିତ ଅଭିଯୋଗ କରିଥିଲେ । ଏଥିସହ ଯୁବକଙ୍କ ପରିବାର ସବୁ ସମ୍ପର୍କରେ ଜାଣିବା ପରେ ତାଙ୍କୁ ଲୁଚାଇ ରଖିଥିବା ପୀଡ଼ିତା କହିଛନ୍ତି । ଅଭିଯୋଗକୁ ଭିତି କରି ପୋଲିସ ଏକ ମାମଲା ରୁଜୁ କରି ପୀଡ଼ିତାଙ୍କୁ କେନ୍ଦୁଝର ମୁଖ୍ୟ ଚିକିତ୍ସାଳୟରେ ଡ଼ାକ୍ତରୀମାଇନା କରିବା ପରେ ତଦନ୍ତ ଆରମ୍ଭ କରିଥିବା ଜଣାପଡ଼ିଛି । ହେଲେ ଗତ ମଙ୍ଗଳବାର ଥାନାରେ ଅଭିଯୋଗ ହୋଇଥିଲା ବେଳେ ଆଜି ପର୍ଯ୍ୟନ୍ତ ପୋଲିସ ସଂପୃକ୍ତ ଯୁବକଙ୍କ ପତା ପାଇନଥିବା କାରଣରୁ ନ୍ୟାୟ ଆଶାରେ ଚାହିଁ ରହିଥିବା ପୀଡ଼ିତା ମଧ୍ୟରେ ଧିରେ ଧିରେ ଆଶା ତୁଟିବାକୁ ବସିଛି । ଏଥିପ୍ରତି ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେଇ ଯଥାଶୀଘ୍ର ପୀଡ଼ିତାଙ୍କୁ ଉଚିତ୍ ନ୍ୟାୟ ପ୍ରଦାନ କରାଇବାକୁ ଗ୍ରାମବାସୀ ଓ ପୀଡ଼ିତା ଦାବି କରିଛନ୍ତି ।

## ଆଦର୍ଶ ଚାଷୀ ଏକାକୀ ମହିଳା ମିତା ପ୍ରଧାନ ଆତ୍ମନିର୍ଭରଶୀଳ ହୋଇଛନ୍ତି ଆକ୍ସନଏଡ ସହାୟତାରେ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଦାରିଙ୍ଗବାଡି ଅଂଚଳରେ ଥିବା ସୁନ୍ଦରଗଡ ଗାଁରେ ଆତ୍ମନିର୍ଭରଶୀଳ ହୋଇଛନ୍ତି ସେହି ଗାଁର ଏକାକୀ ମହିଳା ମିତା ପ୍ରଧାନ । ସ୍ୱେଚ୍ଛାସେବୀ ଅନୁଷ୍ଠାନ ଆକ୍ସନଏଡ୍ ସହାୟତାରେ ସେ ନିର୍ଭରଶୀଳ ହୋଇ ହୋଇପାରିଛନ୍ତି ଜଣେ ସଫଳ ଚାଷି ଅନୁଷ୍ଠାନ ତରଫରୁ ତାଙ୍କୁ ପ୍ରଦାନ କରାଯାଇଥିଲା ୫ ହଜାର ଟଙ୍କା ସେଥିରୁ ସେ ତାଙ୍କ ଜମିରେ ଆରମ୍ଭ କରିଛନ୍ତି ବନ୍ଧାକୋବି ଓ ବାଦାମ ଚାଷ ସେଥିରେ ସେ ବର୍ତମାନ ଅଂଚଳର ଜଣେ ସଫଳ ଚାଷି ସାଜିଛନ୍ତି । ୨୦୧୮ ମସିହାରେ କୌଣସି କାରଣ ବସତଃ ଅସୁସ୍ଥ ହେବାପରେ ସ୍ୱାମୀ ମିଳନ ପ୍ରଧାନଙ୍କ ଦେହାନ୍ତ ହେବାପରେ ୨ ବର୍ଷ ଏବଂ ୫ ବର୍ଷର ଦୁଇଟି କନ୍ୟା ସନ୍ତାନକୁ ନେଇ କିପରି ଚଳିବେ ତାହା ତାଙ୍କ ପାଇଁ ହୋଇଥିଲା ଏକ ବଡ ଆହ୍ୱାନ କିପରି ପରିବାର ପୋଷଣ କରିବେ ଏବଂ ତାଙ୍କର ଝିଅମାନଙ୍କୁ କିପରି ବଡ କରିବେ ତାହା ସାଜିଥିଲା ବଡ ଚିନ୍ତା । ବର୍ତମାନ ତାଙ୍କ ପାଖରେ ଥିବା ପ୍ରାୟ ୩ ଏକରରୁ ଅଧିକ ଚାଷ ଜମିରେ କରିଛନ୍ତି ସେ ବନ୍ଧାକୋବି, ବାଦାମ ଓ ବିଭିନ୍ନ ପନିପରିବା ଚାଷ ଏବଂ ସେଥିରେ ତାଙ୍କର ପରିବାରର ଅର୍ଥିକ ଉନ୍ନତି ହେବାସହିତ ସେ ମଧ୍ୟ ଜଣେ ଏକାକି ଆତ୍ମନିର୍ଭରଶୀଳ ମହିଳା ହୋଇ ତାଙ୍କପରି ଏକାକୀ ମହିଳା ମାନଙ୍କ ପାଇଁ ଉଦାହରଣ ସାଜିଛନ୍ତି । ତେବେ ତାଙ୍କ ଭଳି ଦାରିଙ୍ଗବାଡି ଅଂଚଳରେ ଥିବା ଆଉ ୧୧ ଜଣ ଏକାକୀ ମହିଳାଙ୍କୁ ଆକ୍ସନଏଡ ତରଫରୁ ୫ ହାଜର ଟଙ୍କା ଲେଖାଏଁ ପ୍ରାଦାନ କରାଯିବାସହିତ ସେମାନଙ୍କୁ ସେମାନଙ୍କର ଇଛା ଓ ସୁବିଧା ଅନୁସାରେ ଛେଳିଚାଷ, ପନିପରିବା ଚାଷ, ମାଣ୍ଡିଆ ଚାଷ ଏବଂ ସିଆଳି ଖଲି ତିଆରି କରିବା ଭଳି ବିଭିନ୍ନ ଆତ୍ମନିର୍ଭରଶୀଳ କାମ କରି ସ୍ୱାଲମ୍ବୀ ହୋଇପାରିଛନ୍ତି । ଦାରିଙ୍ଗବାଡି ସମେତ କନ୍ଧମାଳ ଜିଲ୍ଲାରେ ଆକ୍ସନଏଡ ତରଫରୁ ଫୁଲବାଣୀ, ତୁମୁଡିବନ୍ଧ ଓ ଘୁ.ଉଦୟଗିରି ଅଂଚଳରେ ଏହିପରି ୩୧ ଜଣ ମହିଳାଙ୍କୁ ସାମାନ୍ୟ ଅର୍ଥିକ ସହାୟତା ଯୋଗାଇ ଦେବାସହିତ ସେମାନଙ୍କୁ ତାଙ୍କର ସୁବିଧା ଅନୁସାରେ କାମକରି ସେମାନଙ୍କୁ ମଧ୍ୟ ଆତ୍ମନିର୍ଭରଶୀଳ କରିବା ପାଇଁ ଉଦ୍ୟମ କରାଯାଇଛି । ସେମାନେ ମଧ୍ୟ ସେମାନଙ୍କର ପ୍ରଚେଷ୍ଟାରେ ବିଭିନ୍ନ କାର୍ଯ୍ୟ ମାଧ୍ୟମରେ ସେମାନଙ୍କ ପରିବାରର ଆର୍ଥିକ ଅଭିବୃଦ୍ଧି କରିବାରେ ଲାଗିଛନ୍ତି ବୋଲି ଦାରିଙ୍ଗବାଡି ଅଂଚଳରେ କାର୍ଯ୍ୟରତ ଆକ୍ସନଏଡର ଧନେଶ୍ୱର ସାହୁ କହିଛନ୍ତି ।

## ଆର୍ଯ୍ୟସମାଜ ଆନ୍ଦୋଳନର ମୁଖ୍ୟ ପୃଷ୍ଠପୋଷକ ସ୍ୱାମୀ ଅଗ୍ନିବେଶଙ୍କ ରାଜ୍ୟସ୍ତରୀୟ ଶ୍ରଦ୍ଧାଞ୍ଜଳି ସଭା

ଭୁବନେଶ୍ୱର, (ପିଏନ)- ବିଶିଷ୍ଟ ସାମାଜିକ କାର୍ଯ୍ୟକର୍ତା, ଆର୍ଯ୍ୟସମାଜ ଆନ୍ଦୋଳନର ମୁଖ୍ୟ ପୃଷ୍ଠପୋଷକ, ସଂସ୍କାରବାଦୀ ସନ୍ନ୍ୟାସୀ ସ୍ୱାମୀ ଅଗ୍ନିବେଶଙ୍କ ଉଦ୍ଦେଶ୍ୟରେ ଆର୍ଯ୍ୟସମାଜ, ଓଡ଼ିଶା ପକ୍ଷରୁ ଏକ ଶ୍ରଦ୍ଧାଞ୍ଜଳି ସଭା ଜୁମ୍ ଭିଡ଼ିଓ ଯୋଗେ ସଭାପତି ଆର୍ଯ୍ୟକୁମାର ଜ୍ଞାନେନ୍ଦ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ପ୍ରାରମ୍ଭରେ ପଣ୍ଡିତ ବୀରେନ୍ଦ୍ର କୁମାର ପଣ୍ଡା ବେଦମନ୍ତ୍ର ପାଠ କରିବା ପରେ ଶ୍ରଦ୍ଧାଞ୍ଜଳି ଜଣାଇ ଦିବ୍ୟଜୀବନ ସଂଘର ସନ୍ନ୍ୟାସୀ ସ୍ୱାମୀ ଜଗନ୍ନାଥାନନ୍ଦ ମହାରାଜ କହିଲେ ଯେ, ମହର୍ଷି ଦୟାନନ୍ଦଙ୍କର ସଚ୍ଚା ଶିଷ୍ୟ ଥିଲେ ସ୍ୱାମୀ ଅଗ୍ନିବେଶ, ତାଙ୍କର ସଂଗ୍ରାମ ଥିଲା ସାଲିସ ବିହୀନ । ସେ ପ୍ରକୃତରେ ଥିଲେ ସାମାଜିକ କ୍ରାନ୍ତିର ଜଣେ ବାର୍ତାବହ । ବିଶିଷ୍ଟ ଶିକ୍ଷାବିତ୍ ଡଃ ପ୍ରଫେସର ହରେକୃଷ୍ଣ ଶତପଥି କହିଲେ ଯେ, ସ୍ୱାମିଜୀ ଅଗ୍ନିବେଶ ନାମକୁ ସାର୍ଥକ କରିଥିଲେ । ତାଙ୍କର ବକ୍ତବ୍ୟରେ ଅଗ୍ନିସ୍ଫୁଲିଙ୍ଗ ସୃଷ୍ଟି କରୁଥିଲା । ଶିକ୍ଷାବିତ୍ ଡଃ ବଦ୍ରୀନାଥ ପଟ୍ଟନାୟକ ଶ୍ରଦ୍ଧାଞ୍ଜଳି ଜଣାଇ କହିଲେ ଯେ, ସେ ଥିଲେ ଗୋତିଶ୍ରମିକମାନଙ୍କର ତ୍ରାଣକର୍ତା । ସମାଜବାଦୀ ପାର୍ଟିର ସଭାପତି ରବି ବେହେରା କହିଲେ ଯେ, ଆମେ ଗର୍ବିତ ଯେ, ସେ ଓଡ଼ିଶାରେ ଜନ୍ମ ହୋଇଥିଲେ । ବରିଷ୍ଠ କଂଗ୍ରେସ ନେତା ଅଧ୍ୟାପକ କୈଳାସ ଆଚାର୍ଯ୍ୟ କହିଲେ ଯେ, ସ୍ୱାମିଜୀ ମରିନାହାଁନ୍ତି, ସ୍ୱାମିଜୀଙ୍କୁ ଗୋଟିଏ ନିର୍ଦ୍ଦିଷ୍ଟ ଦଳର ଗୁଣ୍ଡାମାନେ ମାରିଦେଲେ । ଘାତକମାନେ ସରକାରୀ ପୃଷ୍ଠପୋଷକତାରେ ଏବେବି ବୁଲୁଛନ୍ତି । ଡ଼ି.ଏ.ଭି.ର ବରିଷ୍ଠ କାର୍ଯ୍ୟକର୍ତା ଡଃ ହିମାଂଶୁ ମହାନ୍ତି କହିଲେ ଯେ, ଓଡ଼ିଶାର ପ୍ରତ୍ୟେକଟି ସମସ୍ୟା ସହିତ ନିଜକୁ ସାମିଲ୍ କରିଥିଲେ । ସେ ପୋସ୍କୋ ହେଉ ବା ମହାନଦୀ ବଂଚାଓ ହେଉ । ମା'ଘରର ପ୍ରତିଷ୍ଠାତ୍ରୀ ସଭାନେତ୍ରୀ ରତ୍ନପର୍ଣ୍ଣା ମହାନ୍ତି ଶ୍ରଦ୍ଧାଞ୍ଜଳି ଜଣାଇ କହିଲେ ଯେ, ସମାଜର ପଛୁଆବର୍ଗ, ବିଶେଷ ଭାବେ ଶୋଷିତଶ୍ରେଣୀ, ମହିଳାମାନଙ୍କୁ ସମାଜର ଆଗଧାଡ଼ିକୁ ଆଣିବାକୁ ତାଙ୍କର ସଂଗ୍ରାମ ଥିଲା ସାଲିସ ବିହୀନ । ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ କୁଳପତି ଡଃ ବିମଳେନ୍ଦୁ ମହାନ୍ତି, ମହାବୋଧି ସମିତିର ଟ୍ରଷ୍ଟି ଡଃ ସୌରେନ୍ଦ୍ର ମହାପାତ୍ର, ମହର୍ଷି ଦୟାନନ୍ଦ ମିଶନ ଅଧ୍ୟକ୍ଷ ଡଃ ବିକାଶ ପଣ୍ଡା, ଇଂ ଗୋପିନାଥ ପଟ୍ଟନାୟକ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ । କାର୍ଯ୍ୟକ୍ରମକୁ ଡଃ ବଦ୍ରୀନାଥ ପଟ୍ଟନାୟକ ପରିଚାଳନା କରିଥିଲେ । ଶେଷରେ ଯୁବ ଆର୍ଯ୍ୟସମାଜ, ଓଡ଼ିଶାର ଅଧ୍ୟକ୍ଷ ପ୍ରବୀର ଆର୍ଯ୍ୟ ଧନ୍ୟବାଦ ଦେଇଥିଲେ ।

## ବିକ୍ରି ପାଇଁ ଦୋକାନ ରେ ରଖିଥିବା ପେଟ୍ରୋଲରୁ ନିଆଁ ଲାଗି ଦୋକାନ ଧୂଳିସାତ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ଅନ୍ତର୍ଗତ ପୋଟ୍ରେଲ ଛକ ଠାରେ ଥିବା ରାଜୁ ପାଙ୍ଗୀଙ୍କ ଦୋକାନରେ ନିଆଁ ଲାଗି ଦୋକାନଟି ସମ୍ପୂର୍ଣ୍ଣ ପୋଡି ଧୂଳିସାତ ହୋଇଯାଇଛି । ଦୋକାନ ରେ ଥିବା ପ୍ରାୟ ୭ ୦ ହଜାର ଟଙ୍କାର ଦୋକାନ ସାମଗ୍ରୀ ସହିତ ବହୁ ଆସବା ପତ୍ରପୋଡି ପାଉଁଶ ହୋଇଯାଇଛି । ସ୍ଥାନୀୟ ଲୋକମାନେ ନିଆଁକୁ ଆୟତ କରିବାକୁ ଉଦ୍ୟମ କରିଥିଲେ ହେଲେ ନ ପାରିବାରୁ ଏ ସମ୍ପର୍କରେ କୋରୁକୋଣ୍ଡା ଅଗ୍ନିଶମ ବିଭାଗ କୁ ଖବର ଦେଇଥିଲେ ! ଅଗ୍ନିଶମ କର୍ମଚାରୀମାନେ ଘଟଣା ସ୍ଥଳରେ ପହଂଚି ଦୀର୍ଘ ସମୟ ଧରି ସଂଘର୍ଷ କରିବାପରେ ନିଆଁକୁ ଆୟତଓ କରିବାରେ ସଫଳ ହୋଇଥିଲେ । ମିଳିଥିବା ସୂଚନା ଅନୁଯାୟୀ ଦୋକାନରେ ବିକ୍ରୀ କରିବା ନିମନ୍ତେ ଏକ ପ୍ଲାଷ୍ଟିକ ଜାରକିନ ରେ ପ୍ରାୟ ୬ ୦ ଲିଟର ପେଟ୍ରୋଲ ରଖିଥିଲେ ତେବେ କୋଣସି କାରଣରୁ ଜାରକିନ ରେ ନିଆଁ ଲାଗିଯାଇଥିଲା । ଫଳରେ ପେଟ୍ରୋଲର ନିଆଁ ଉଗ୍ରରୂପ ନେବା ସହ ସମଗ୍ର ଦୋକାନ କୁ ପୋଡି ଜାଳି ଦେଲା । ଏହି ଅଗ୍ନିକାଣ୍ଡରେ ଲୋକଙ୍କ କିଛି କ୍ଷତି ହୋଇନାହିଁ । ଜିଲ୍ଲାର ବିଭିନ୍ନ ଅଂଚଳରେ ଅନେକ ପେଟ୍ରୋଲ ଟାଙ୍କି ରହିଛି । ହେଲେବି ଜିଲ୍ଲାର ବିଭିନ୍ନ ଅଂଚଳରେ କିଛି ଅସାଧୁ ବ୍ୟବସାୟୀ ନିଜ ନିଜର ଦୋକାନ ସମ୍ମୁଖରେ ବେଆଇନ ଭାବେ ପେଟ୍ରୋଲ ଓ ଡିଜେଲ ଖୋଲା ଖୋଲି ବିକ୍ରି କରୁଛନ୍ତି । ପୋଲିସ କିମ୍ବା ଜିଲ୍ଲା ଯୋଗାଣ ବିଭାଗର ଅଧିକାରୀ ମାନେ ନିରବ ଦ୍ରଷ୍ଟା ସାଜିଛନ୍ତି । ବେଆଇନ ଭାବେ ପେଟ୍ରୋଲ ଓ ଡିଜେଲ ବିକୁଥିବା ବ୍ୟବସାୟୀ ମାନଙ୍କ ବିରୁଦ୍ଧରେ କୌଣସି ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନ ଥିବା ଯୋଗୁଁ ଏଭଳି ଅଗ୍ନିକାଣ୍ଡ ଘଟୁଥିବା ଅଂଚଳ ବାସୀ ଅଭିଯୋଗ କରିଛନ୍ତି । ତେବେ ଯୋଗାଣ ବିଭାଗର ଅଧିକାରୀ ଓ ପୋଲିସ ପ୍ରଶାସନ ପକ୍ଷରୁ ତୁରନ୍ତ ଏ ଦିଗରେ ପଦକ୍ଷେପ ନେବାକୁ ଜିଲ୍ଲାବାସୀ ଦାବୀ କରିଛନ୍ତି !

### ୨ କୋଭିଡ୍ ସନ୍ଦିଗ୍ଧଙ୍କ ଶବ ସଂସ୍କାର ପାଇଁ ସହାୟତା କଲା ଟିମ ହ୍ୟୁମେନିଟି

## ପୋଲିସ, ପ୍ରଶାସନ ଓ ପୌରନିର୍ବାହୀ ଅଧିକାରଙ୍କ ଉପସ୍ଥିତିରେ ହେଲା ସମ୍ପର୍ଣ୍ଣ

କନ୍ଧମାଳ,(ପିଏନ)-୨ କୋଭିଡ୍ ସନ୍ଦିଗ୍ଧଙ୍କର ଫୁଲବାଣୀ ଡାକ୍ତରଖାନାରେ ଚିକିତ୍ସିତ ଅବସ୍ଥାରେ ମୃତ୍ୟୁ ହୋଇଥିଲା । ସେମାନଙ୍କ ମଧ୍ୟରୁ ଫୁଲବାଣୀ ଗଣେଷ ବଜାରର ଜଣେ ୭୫ ବର୍ଷିୟ ପୁରୁଷ ହୋଇଥିବାବେଳେ ଆଉ ଜଣେ ଅମଲାପଡା ଅଂଚଳର ଜଣେ ୮୦ ବର୍ଷର ମହିଳା ଅଟନ୍ତି । ତେବେ ସେମାନଙ୍କର ଶବ ସଂସ୍କାର ପାଇଁ ତାଙ୍କ ଆଖପାଖ ଅଂଚଳର କେହି ନଆସିବାରୁ କନ୍ଧମାଳ ଟିମ ହ୍ୟୁମାନିଟିକୁ ଜିଲ୍ଲା ପ୍ରଶାସସନ ତରଫରୁ ଏହି କାର୍ଯ୍ୟରେ ସହାୟତା ପାଇଁ ଅନୁରୋଧ କରାଯାଇଥିଲା । ଏଥିରେ ଟିମ ହ୍ୟୁମାନିଟିର ସଦସ୍ୟ ମାନେ ତୁରନ୍ତ ପ୍ରସ୍ତୁତ ହେବା ସହିତ ସଦସ୍ୟ ମାନେ କୋଭିଡ ହସପିଟାଲରେ ପହଂଚିବା ସହିତ ସମସ୍ତେ ପିପିଇ କିଟ୍ ପିନ୍ଧି ସ୍ଥାନୀୟ ଏଫ୍‌ସିଆଇ ଛକ ନିକଟରେ ଥିବା ଶ୍ମଶାନରେ କୋଭିଡ ନିୟମ ଅନୁସାରେ ୨ଟି ଶବ ସଂସ୍କାର କରିଥିଲେ । ସେଠାରେ ଉଭୟ ମୃତକଙ୍କ ପରିବାରର ସ୍ୱଳ୍ପ ସମ୍ପର୍କିୟଙ୍କ ସମେତ ପୋଲିସ ଜିଲ୍ଲା ପ୍ରଶାସନିକ ଅଧିକାରୀ ଫୁଲବାଣୀ ପୌରାଂଚଳର କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ଉପସ୍ଥିତିରେ ଏହି ଦୁଇଟି ଶବକୁ ସଂସ୍କାର କରାଯାଇଛି । ଟିମ ହ୍ୟୁମାନିଟିର ଏହି ମାନବିକତା ପୂର୍ଣ୍ଣ କାର୍ଯ୍ୟକୁ ଜିଲ୍ଲା ପ୍ରଶାସନ ସମେତ ଜିଲ୍ଲାର ବିଭିନ୍ନ ବୁଦ୍ଧିଜୀବି ମହଲରେ ପ୍ରଶଂସା କରାଯାଇଛି । ସୁଚା ଯୋଗ୍ୟ ଟିମ ହ୍ୟୁମାନିଟି ଗତ କଟି ଦିନ ହେଲା ଫୁଲବାଣୀ ସମେତ ସମଗ୍ର କନ୍ଧମାଳ ଜିଲ୍ଲାରେ ସଡକ ଦୁର୍ଘଟଣାର ଆହତ ମାନଙ୍କ ସହିତ ସ୍ନେକ ହେଲ୍ପଲାଇନ୍ ଜରିଆରେ ଲୋକଙ୍କ ଘରେ ପଶିଥିବା ସାପକୁ ଧରିବା ସହିତ ତାକୁ ନେଇ ସୁରକ୍ଷିତ ଭାବରେ ଜଙ୍ଗଲରେ ଛାଡିବା, ରକ୍ତଦାନ କ୍ଷେତ୍ରରେ କାର୍ଯ୍ୟ କରିବା ଭଳି ଅନ୍ୟାନ୍ୟ ସେମା ମୁଳକ କାର୍ଯ୍ୟରେ ଅସହାୟ ଲୋକଙ୍କୁ ସେବା ଦେଇ ଆସୁଛି । ତେବେ ଆଜିର ଏହି କାର୍ଯ୍ୟ ପାଇଁ ଟିମ ହ୍ୟୁମାନିଟିର ସଦସ୍ୟ ମାନଙ୍କୁ ଜିଲ୍ଲାର ସବୁ ସ୍ତରରୁ ପ୍ରଶଂସାର ସୁଅ ଛୁଟିଛି ।




# ରାସ୍ତାରେ ହେଲା ପ୍ରସବ; ଶିଶୁପୁତ୍ରର ମୃତ୍ୟୁ ପ୍ରସୂତୀଙ୍କୁ ମିଳିଲାନି ଚିକିତ୍ସା

## ଟାଟାଷ୍ଟିଲ ଭୁଲିଗଲା ମାନବିକତା

ଯୋଡ଼ା (ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକା ୯ ୱାର୍ଡ ଗୋପ ହଟିଂ ସ୍ଥିତ ମଙ୍ଗଳାମନ୍ଦିର ନିକଟ ରାସ୍ତାରେ ଜନ୍ମ ହୋଇଛି ଏକ ଶିଶୁପୁତ୍ର । ଭୂମିଷ୍ଠ ହେବା ପରେ ଶିଶୁପୁତ୍ରଟିର ମୃତ୍ୟୁ ହୋଇଯାଇଥିବା ଖବର ହସ୍ତଗସ୍ତ ହୋଇଛି । ଏହି ଅଭାବନୀୟ ଘଟଣା ଦେଖିବାକୁ ମିଳିଛି ସର୍ବାଧିକ ଖଣି ରାଜସ୍ୱ ଦେଉଥିବା ଖଣି ଉପତ୍ୟକା ଯୋଡା ସହରରେ । ପ୍ରତ୍ୟେକ୍ଷ ସୂତ୍ରରୁ ପ୍ରକାଶ ଯେ ସୋମବାର ରାତ୍ର ପ୍ରାୟ ସାଢେ ୧୦ଟା ସମୟରେ ଜଳହରୀ ପ ାୟତ ଅଧୀନରେ ଆଇଟିସି କଲୋନୀ ନିବାସୀ କପିଳାସ ନାଏକ ତାଙ୍କ ପତ୍ନୀ ସୁକମତୀ ପୂ ର୍ଣ୍ଣ ଏବଂ ତାଙ୍କ ଶାଶୁ ଘାସ ନାଏକ ସୁକୁମତୀଙ୍କୁ ଦୁଇ କାନ୍ଧର ସାହାରାରେ ମଙ୍ଗଳାମନ୍ଦିର ରାସ୍ତା ଦେଇ ସରକାରୀ ଡାକ୍ତରଖାନାକୁ ନେଉଥିବା ବେଳେ ପ୍ରସବ ବେଦନା ସହିନପାରି ସୁକୁମତୀ ରାସ୍ତାରେ ଉପରେ ଶିଶୁପୁତ୍ରକୁ ଜନ୍ମ ଦେଇଥିଲେ । ହେଲେ ଶିଶୁପୁତ୍ରଟିର କିଛିକ୍ଷଣ ପରେ ମୃତ୍ୟୁ ଘଟିଥିଲା । ପ୍ରସବ ବେଦନାର ଚିତ୍କାର ଏବଂ ମୃତ ଶିଶୁପୁତ୍ରର ଦୁଃଖରେ ମ୍ରିୟମାଣ ମୃତ ଶିଶୁର ମା'ଙ୍କର କ୍ରନ୍ଦନ ବସ୍ତିବାସିନ୍ଦାଙ୍କ ନିଦ ହଜାଇ ଦେଇଥିଲା । ଏସମ୍ପର୍କରେ ବିଦ୍ଧିବଦ୍ଧ ଭାବେ ସୁକୁମତୀଙ୍କ ସ୍ୱାମୀ କପିଳାସଙ୍କ ଠାରୁ ଜାଣିବାକୁ ମିଳିଥିଲା ଯେ ସୋମବାର ଅପରାହ୍ନ ୨ଟା ବେଳେ ସେ ଓ ତାଙ୍କ ପରିବାର ସୁକୁମତୀଙ୍କୁ ପ୍ରସବ ପାଇ ଯୋଡା ସ୍ଥିତ ସରକାରୀ ଡାକ୍ତରଖାନାରେ ଭ ର୍ତ୍ତି କରିଥିଲେ । ସେଠାରେ ତାଙ୍କର ଅବସ୍ଥା ଜଟିଳ ଥିବାରୁ ତାଙ୍କୁ ଡାକ୍ତରଖାନା ପକ୍ଷରୁ କେନ୍ଦୁଝର କିମ୍ବା ଚମ୍ପୁଆ ନେବା ପାଇଁ କୁହାଯାଇଥିଲେ ହେଁ ସମ୍ବଳ ଅଭାବରୁ ସେ ଟାଟା କମ୍ପାନୀ ଡାକ୍ତରଖାନାକୁ ନେଇଯାଇଥିଲେ । ସେଠାରେ ତାଙ୍କୁ ଚିକିତ୍ସା କରାଯିବା ପରିବର୍ତ୍ତେ କେବଳ କୋଭିଡ ଟେଷ୍ଟ କରାଇ କୌଣସି ରିପୋର୍ଟ ନଦେଇ ତାଙ୍କୁ ପୁନଃ ସରକାରୀ ଡାକ୍ତରଖାନାକୁ ପଠାଇ ଦିଆଯାଇଥିଲା । ସେଠାରୁ ସରକାରୀ ଡାକ୍ତରଖାନାକୁ ଆସିବା ପାଇଁ କୌଣସି ଗାଡି କିମ୍ବା ଆମ୍ବୁଲାନ୍ସର ସୁବିଧା ନମିଳିବାରୁ ଶେଷରେ ସୁକୁମତୀ ପୂ ର୍ଣ୍ଣଙ୍କ ସ୍ୱାମୀ ଓ ଶାଶୁ ଦୁଇ କାନ୍ଧରେ ଆଶ୍ରା କରି ପାଦରେ ଚାଲି ଚାଲି ମଙ୍ଗଳାମନ୍ଦିର ଦେଇ ରାସ୍ତା ଅତିକ୍ରମ କରୁଥିବା ବେଳେ ଗର୍ଭବତୀ ମହିଳା ସୁକୁମତୀଙ୍କ ରାସ୍ତାରେ ପ୍ରାୟ ରାତ୍ର ୧୧ଟା ବେଳେ ସନ୍ତାନ ପ୍ରସବ ହୋଇଯାଇଥିଲା । ଶିଶୁପୁତ୍ରଟିର ଜନ୍ମ ହେବାର କିଛି ସମୟ ପରେ ମୃତ୍ୟୁ ହୋଇଯାଇଥିଲା । କ୍ରନ୍ଦନ ଏବଂ ଚିତ୍କାର ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଆସି ଦେଖିବା ପରେ ସମସ୍ତେ ସ୍ତବ୍ଧ ହୋଇଯାଇଥିଲେ । କାରଣ ଶିଶୁପୁତ୍ର ଜନ୍ମ ହେବା ପରେ ଶିଶୁପୁତ୍ରଟିର ନାଭି ମା' ସହିତ ସଂଯୋଗ ହୋଇ ରହିଥିଲା । ମାଙ୍କର ଜୀବନ ପ୍ରତି ବିପଦ ଥିବାରୁ ତୁରନ୍ତ ସ୍ଥାନୀୟ ଲୋକ ୧୦୮ ଆମ୍ବୁଲାନ୍ସକୁ ଖବର ଦେବା ସହିତ ଟାଟାକମ୍ପାନୀ ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଫୋନ ଯୋଗେ ଜଣାଇଥିଲେ । ତେବେ ବଡବିଲରୁ ୧୦୮ ଆମ୍ବୁଲାନ୍ସଟି ପହ ଞ୍ଚି ସୁକୁମତୀଙ୍କୁ ମୃତ ଶିଶୁପୁତ୍ର ସହ ସ୍ଥାନୀୟ ସରକାରୀ ଡାକ୍ତରଖାନାରେ ଭ ର୍ତ୍ତି କରିଥିଲେ । ଏହି ଘଟଣା ପ୍ରଘଟ ହେବା ପରେ ଜନସାଧାରଣଙ୍କ ମନରେ ଘରୋଇ ଡାକ୍ତରଖାନା ପ୍ରତି ପ୍ରବଳ ଆକ୍ରୋଶ ଦେଖାଯାଇଥିଲା । ଯୋଡା ବିକାଶ ପରିଷଦ ପକ୍ଷରୁ ସଭାପତି ନିରଞ୍ଜନ ବହିଦାର କ୍ଷୋଭର ସହ ନିଜର ପ୍ରତିକ୍ରିୟାରେ କହିଛନ୍ତି ଯେ ଟାଟା ଖଣି ଖାଇ ପାଣି ଖାଇଲା ହେଲେ ପ୍ରଭାବିତ ଲୋକଙ୍କର ସେବାକୁ ନିଜର ଦାୟିତ୍ୱ ବଦଳରେ ଦୟା ବୋଲି ଭାବିଲା । ଏସମ୍ପର୍କରେ ଟାଟା କମ୍ପାନୀ ଡାକ୍ତରଖାନା ମୁଖ୍ୟ ଚିକିତ୍ସାଧିକାରୀ ଏମ.କେ.ତ୍ରିପାଠୀ ତାଙ୍କ ପ୍ରତିକ୍ରିୟାରେ କହିଥିଲେ ଯେ ମହିଳା ଜଣକ ଚିକିତ୍ସା ନିମନ୍ତେ ଏଠାକୁ ଆସିଥିବା ସେ ଜାଣିଛନ୍ତି । ଏବଂ ତାଙ୍କର କୋଭିଡ ଟେଷ୍ଟ ମଧ କରାହେବା ପରେ କରୋନା ପଜିଟିଭ ରିପୋର୍ଟ ଜଣାପଡିଛି । ରୋଗୀ ଏଠାରୁ ଚାଲିଯିବା ସମ୍ପର୍କରେ ସେ ତଦନ୍ତ କରିବେ । ତଦନ୍ତ ପରେ କାର୍ଯ୍ୟାନୁଷ୍ଠନ ଗ୍ରହଣ କରାଯିବ ବୋଲି ସେ କହିଥିଲେ । ତେବେ ଏଠାରେ ପ୍ରଶ୍ନ ଉଠୁଛି ଯେ ଟାଟାଷ୍ଟିଲ ଡାକ୍ତରଖାନା ପରିସର ମଧରେ କୋଭିଡ ଡାକ୍ତରଖାନା ଥିବା ସତ୍ତ୍ୱ କିପରି ମହିଳାଙ୍କୁ ଚିକିତ୍ସା କରାନଯାଇ କିପରି ଦାୟିତ୍ୱହୀନ ଭାବେ ପଠାଇ ଦିଆଗଲା ଓ ଆମ୍ବୁଲାନ୍ସଟିଏ ମଧ ତାଙ୍କୁ ଦିଆଗଲା ନାହିଁ ଏହା ଜନସାଧାରଣଙ୍କ ପ୍ରଶ୍ନ । ତେଣେ ସରକାରୀ ଡାକ୍ତରଖାନାରୁ ପ୍ରସବ ଚିକିତ୍ସା ହେବା ପରେ ମହିଳା ଓ ତାଙ୍କ ପରିବାର ଜଳହରୀ ସ୍ଥିତ ଆଇଟିସି ଗ୍ରାମକୁ ଚାଲି ଯାଇଛନ୍ତି । ଯାହାକୁ ସଂକ୍ରମଣର ଆଶଙ୍କାକୁ ବଢାଇ ଦେଇଛି । ଏନେଇ ଟାଟା କମ୍ପାନୀ କର୍ପୋରେଟ କମ୍ୟୁନିକେଶନର ଅଧିକାରୀ ଆଶିଷ ଆଚାର୍ଯ୍ୟ ପ୍ରେସ ବିବୃ ତ୍ତି ଦେଇ ସୂଚନା ଦେଇଛନ୍ତି ଯେ ସୁକୁମତୀ ପୂ ର୍ଣ୍ଣଙ୍କୁ ଅକ୍ଟୋବର ୫ ତାରିଖ ରାତି ପ୍ରାୟ ୮.୪୦ ମିନିଟରେ ଟାଟାଷ୍ଟିଲ ହସ୍ପିଟାଲକୁ ଅଣାଯାଇଥିଲା । ହସ୍ପିଟାଲରେ ୨ଜଣ ସ୍ତ୍ରୀ ଓ ପ୍ରସୂତୀ ବିଭାଗର ବିଶେଷଜ୍ଞ ଅଛନ୍ତି । ଜଣେ ଡାକ୍ତର ସଙ୍ଗରୋଧରେ ଥିବାରୁ ସେ ରୋଗୀଙ୍କୁ ଦେଖି ପାରିବେ ନାହିଁ । ଦ୍ୱିତୀୟ ଡାକ୍ତର କୋଭିଡରୁ ଏବେ ସୁସ୍ଥ ହୋଇଛନ୍ତି ଓ ସେହି ସମୟରେ ସେ ଅସୁସ୍ଥତା ଅନୁଭବ କରିବାରୁ ଡାକ୍ତରଖାନାକୁ ଆସିପାରିନଥିଲେ । ଏପରିସ୍ଥିତିରେ ରୋଗୀଙ୍କୁ ଏଠାରେ ଭ ର୍ତ୍ତି କରିବା ସମ୍ଭବପର ନଥିବାରୁ ନିକଟସ୍ଥ ହସ୍ପିଟାଲକୁ ନେବା ପାଇଁ ପରାମର୍ଶ ଦିଆଯାଇଥିଲା ।

## ବିଷୟ-ୱାର୍ଡ଼ ନଂ ୩୮ରେ କରୋନା ସଚେତନତା କାର୍ଯ୍ୟକ୍ରମ

ଭୁବନେଶ୍ୱର,(ପିଏନ)-ନୟାପଲ୍ଲୀ ୱାର୍ଡ଼ ନଂ ୩୮ ର ବାଲିତୋଟାସାହି ବସ୍ତିରେ କରୋନା ସଚେତନତା କାର୍ଯ୍ୟକ୍ରମ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ ୱାର୍ଡ଼ ନଂ ୩୮ର ପୂର୍ବତନ କର୍ପୋରେଟର୍ ନିଖିଳ କୁମାର ବଳବନ୍ତରାୟ, ଡେପୁଟୀ ସେକ୍ରେଟେରୀ ସ୍ପୋଟସ୍ ସିଲେନ୍ଦ୍ର କୁମାର ଜେନା, ଜେ.ଡି.ସି.ଓ ପ୍ରତାପ ପ...ନାୟକ, ୱାର୍ଡ଼ ଅଫିସର ନିଳମାଧବ ବିଶ୍ୱାଳ, କମ୍ୟୁନିଟି ଅର୍ଗାନାଇଜର୍ ନିବେଦିତା ଦାସ୍, ସାନିଟାରୀ ଇନସ୍ପେକ୍ଟର ସୁନିଲ କୁମାର ସାହୁ ଓ ୱାର୍ଡ଼ର ସମସ୍ତ ସୁପରଭାଇଜର ଉପସ୍ଥିତ ରହି ଜନସାଧାରଣ କିପରିଭାବେ କରୋନାରୁ ବିତ ହେବେ ସେ ବାବଦରେ ନିଜ ନିଜର ବକ୍ତବ୍ୟ ପ୍ରଦାନ କରିବା ସହ ସଚେତନତାର ର୍ବା ବନ କରିଥିଲେ । ଏହି କାର୍ଯ୍ୟକ୍ରମରେ ୱାର୍ଡ଼ ନଂ-୩୮ର ବାଲିତୋଟାସାହି ବସ୍ତିର ଅନେକ ମହିଳା ଓ ଯୁବବନ୍ଧୁମାନେ ଉପସ୍ଥିତ ଥିଲେ ।

## ରେଳବାଇ ଇଞ୍ଜିନିୟରିଂ କର୍ମଚାରୀ ପୁରସ୍କୃତ

ସମ୍ବଲପୁର,(ପିଏନ)- ସମ୍ବଲପୁର ରେଳ ମଣ୍ଡଳର ଇଞ୍ଜିନିୟରିଂ ବିଭାଗର ସମ୍ବଲପୁର ଠାରେ କାର୍ଯ୍ୟରତ ଟେକ୍‌ନିସିଆନ ଜୟ ପ୍ରକାଶ ଭକ୍ତଙ୍କ କାର୍ଯ୍ୟଦକ୍ଷତା ଓ କାର୍ଯ୍ୟ ପ୍ରତି ଉଲ୍ଲେଖନୀୟ ଯୋଗଦାନ ପାଇଁ ସୁରସ୍କୃତ କରାଯାଇଅଛି ।
ତାଙ୍କର କର୍ତ୍ତବ୍ୟ ନିଷ୍ଠା ଓ ସମର୍ପଣ ମାନ୍ୟତା ସ୍ୱରୂପ ମଣ୍ଡଳ ରେଳ ପ୍ରବନ୍ଧକ ପ୍ରଦୀପ କୁମାର ପ୍ରମାର ପତ୍ର ସହ ନଗଦ ରାଶି ଦେଇ ସମ୍ମାନିତ କରିଥିଲେ । ଏହି ଅବସରରେ ବରିଷ୍ଠ ମଣ୍ଡଳ ଇଞ୍ଜିନିୟର (ସମନ୍ୱୟ) ଜୟନ୍ତ କୁମାର ଖମାରୀ, ମଣ୍ଡଳ ଇଞ୍ଜିନିୟର (ମଧ୍ୟ) ସରୋଜ କାନ୍ତ ଦାସ ଉପସ୍ଥିତ ଥିଲେ ।

# ବାଲେଶ୍ୱର ସଦର ବିଧାନସଭା ଆସନ ଉପ ନିର୍ବାଚନ: ନିର୍ଦ୍ଦିଷ୍ଟ ବର୍ଗଙ୍କ ପାଇଁ ପୋଷ୍ଟାଲ ବାଲଟ୍ ସୁବିଧା

ବାଲେଶ୍ୱର(ପିଏନ)-ବାଲେଶ୍ୱର ସଦର ବିଧାନସଭା ନିର୍ବାଚନମଣ୍ଡଳୀରେ ହେବାକୁ ଥିବା ଉପ- ନିର୍ବାଚନରେ ନିର୍ଦ୍ଦିଷ୍ଟ କିଛି ବର୍ଗର ବ୍ୟକ୍ତିବିଶେଷଙ୍କୁ ପୋଷ୍ଟାଲ ବାଲଟ୍ ସୁବିଧା ଯୋଗାଇ ଦିଆଯିବ । ଏ ସଂକ୍ରାନ୍ତରେ ଭାରତର ନିର୍ବାଚନ କମିଶନ ମାର୍ଗଦର୍ଶିକା ଜାରି କରିଛନ୍ତି । ପୂର୍ବରୁ କେବଳ ସରକାରୀ କର୍ମଚାରୀ ଏବଂ ନିର୍ବାଚନ କାର୍ଯ୍ୟରେ ନିୟୋଜିତ ଥିବା ବ୍ୟକ୍ତିବିଶେଷଙ୍କୁ ଏହି ସୁବିଧା ମିଳୁଥିବା ବେଳେ ବର୍ତ୍ତମାନ ଆହୁରି ତିନୋଟି ବର୍ଗର ବ୍ୟକ୍ତିବିଶେଷଙ୍କୁ ଏହି ସୁବିଧା ପ୍ରଦାନ କରାଯିବ । କୋଭିଡ-୧୯ ନିମନ୍ତେ ସତର୍କତା ଅବଲମ୍ବନ ପୂର୍ବକ ଏହି ତିନୋଟି ବର୍ଗର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ଜରିଆରେ ମତଦାନ କରିବା ପାଇଁ ନିର୍ବାଚନ କମିଶନ ଅନୁମତି ପ୍ରଦାନ କରିଛନ୍ତି । ଏହି ତିନୋଟି ବର୍ଗ ହେଲେ ୧. ବରିଷ୍ଠ ନାଗରିକ(୮୦ ବର୍ଷରୁ ଉର୍ଦ୍ଧ୍ୱ ବ୍ୟକ୍ତିବିଶେଷ) ୨. ଦିବ୍ୟାଙ୍ଗ ବ୍ୟକ୍ତି ଯାହାଙ୍କ ନାମ ମତଦାତା ସୂଚୀରେ ଚିହ୍ନିତ ହୋଇଥିବ । ୩. କୋଭିଡ୍-୧୯ରେ ଆକ୍ରାନ୍ତ ବା କୋଭିଡ-୧୯ରେ ପୀଡିତ ହୋଇଥିବା ନେଇ ସନ୍ଦେହ କରାଯାଉଥିବା ବ୍ୟକ୍ତିବିଶେଷ । ଉପରୋକ୍ତ ତିନି ଶ୍ରେଣୀର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ପାଇଁ ଫର୍ମ-୧୨ଘ(୧୨ଡ଼) ରେ ରିଟର୍ଣ୍ଣିଂ ଅଧିକାରୀଙ୍କୁ ଆବେଦନ କରିବାକୁ ପଡିବ । ଏହି ଫର୍ମ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ)ମାନେ ବଂଟନ କରିବେ । ଏହି ତିନି ଶ୍ରେଣୀର ମତଦାତାମାନେ ଫର୍ମ ପୂରଣ କରି ବି.ଏଲ.ଓ.ମାନଙ୍କୁ ଫେରସ୍ତ କରିବେ । ଏହା ପରେ ସେମାନଙ୍କ ନାମରେ ପୋଷ୍ଟାଲ ବାଲଟ୍ ଜାରି କରାଯିବ । ଦ୍ୱିତୀୟରେ ପୋଷ୍ଟାଲ ବାଲଟ୍‌ଗୁଡିକୁ ଏହି ତିନି ଶ୍ରେଣୀର ମତଦାତାଙ୍କ ପାଖରେ ଜଣେ ବି.ଏଲ.ଓ. ବା ଅନ୍ୟାନ୍ୟଅଧିକାରୀଙ୍କ ଜରିଆରେ ସେମାନଙ୍କ ଘରେ ପହଂଚାଇବାର ବ୍ୟବସ୍ଥା କରାଯିବ, ଯେଉଁଥିରେ ସେମାନେ ମତଦାନ କରିବା ସହିତ ଲଫାପାରେ ସିଲ୍ କରି ସମ୍ପୃକ୍ତ ଅଧିକାରୀମାନଙ୍କ ମାଧ୍ୟମରେ ଫେରାଇ ପାରିବେ । ତାଙ୍କ ଘରକୁ ଅଧିକାରୀମାନେ ଯାଇ ଏହାକୁ ସଂଗ୍ରହ କରିବେ । ପୋଷ୍ଟାଲ ବାଲଟ୍ ଗ୍ରହଣ କରିବା ପାଇଁ ବି.ଏଲ.ଓ. କିମ୍ବା ଅନ୍ୟାନ୍ୟ ଅଧିକାରୀମାନେ ୨ଥର ମତଦାତାଙ୍କ ଘରକୁ ଯିବେ । ସେହି ୨ ଥର ମଧ୍ୟରେ ମତଦାତାମାନେ ତାଙ୍କର ପୋଷ୍ଟାଲ ବାଲଟ୍ ପୂରଣ କରି ଫେରସ୍ତ କରିବା କାର୍ଯ୍ୟ ଯେପରି ସମାପନ କରିବେ, ତାହାକୁ ସୁନିଶ୍ଚିତ କରିବେ । ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳ, ବାଲେଶ୍ୱରଙ୍କ ତରଫରୁ ମତଦାତାମାନଙ୍କୁ ସୂଚୀତ କରାଯାଉଛି ଯେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ବାଧ୍ୟତାମୂଳକ ନୁହେଁ । ଦ୍ୱିତୀୟତଃ ଏହା ମଧ୍ୟ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଛି ଯେ ଥରେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ ପାଇଁ ସମ୍ମତି ପ୍ରଦାନ କରିବା ପରେ ସେହି ବ୍ୟକ୍ତିବିଶେଷ ପୋଲିଂ ବୁଥରେ ଯାଇ ଭୋଟ୍ ଦେଇପାରିବେ ନାହିଁ । ନିର୍ବାଚନ ପାଇଁ ବିଜ୍ଞପ୍ତି ଆସନ୍ତା ଅକ୍ଟୋବର ୯ତାରିଖରେ ପ୍ରକାଶ ପାଇବାକୁ ଥିବା ବେଳେ ପୋଷ୍ଟାଲ ବାଲଟ୍ ପାଇଁ ଫର୍ମ-୧୨ଘ(୧୨ଡ଼)କୁ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ) ବା ଅନ୍ୟାନ୍ୟ ଅଧିକାରୀ ୯ତାରିଖରୁ ୧୩ତାରିଖ ମଧ୍ୟରେ ଉପରବର୍ଣ୍ଣିତ ବର୍ଗର ମତଦାତାମାନଙ୍କୁ ବଂଟନ କରିବା ସହ ଦରଖାସ୍ତଗୁଡିକୁ ସଂଗ୍ରହ କରିବେ । ପୋଷ୍ଟାଲ ବାଲଟ୍ ବ୍ୟବସ୍ଥାର ସୁପରିଚାଳନା ପାଇଁ ନୀଳଗିରି ଉପ-ଜିଲ୍ଲାପାଳ ଶ୍ରୀ ହରିଶ ଚନ୍ଦ୍ର ଜେନାଙ୍କୁ ନୋଡାଲ୍ଅଫିସର ଭାବେ ଦାୟିତ୍ୱଦିଆଯାଇଛି । ଏ ସମ୍ପର୍କରେ କୌଣସି ସନ୍ଦେହ ଥିଲେ ତାଙ୍କ ମୋ. ନମ୍ବର-୯୪୩୭୧୭୪୫୧୩ରେ ଯୋଗାଯୋଗ କରିବାକୁ କୁହାଯାଇଛି । ଏହି କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତ୍ତୀ ସମସ୍ତ ରାଜନୈତିକ ଦଳ ଓ ଜନସାଧାରଣଙ୍କୁ ସହଯୋଗ କରିବା ପାଇଁ ନିବେଦନ କରିଛନ୍ତି ।

# ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ତରଫରୁ ଜେଲ ଅନ୍ତେବାସୀଙ୍କୁ ମାସ୍କ ଏବଂ ହ୍ୟାଣ୍ଡ ଫ୍ରି ସାନିଟାଇଜର ପ୍ରଦାନ

କେନ୍ଦୁଝର,(ପିଏନ): କେନ୍ଦୁଝର ଜିଲ୍ଲା କାରାଗାରରେ ଥିବା ଅନ୍ତେବାସୀଙ୍କ ସୁରକ୍ଷା ଏବଂ କୋଭିଡ-୧୯ ସଂକ୍ରମଣ ରୋକିବା ପାଇଁ ଶୁଆକାଟୀସ୍ଥିତ ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ପକ୍ଷରୁ ମଙ୍ଗଳବାର ଦିନ ୬୦୦ମାସ୍କ,ସାନିଟାଇଜର,୪୦ଟି ହ୍ୟାଣ୍ଡ ଗ୍ଲୋବସ,ହ୍ୟାଣ୍ଡ ଫ୍ରି ସାନିଟାଇଜର,୨୦ଟି ପିପିଇ କିଟ,୬୦୦ ସାବୁନ ଦିଆଯାଇଛି । ଏହି ହ୍ୟାଣ୍ଡ ଫ୍ରି ସାନିଟାଇଜରରେ ହାତ ନଲଗାଇ ପ୍ୟାଡେଲ ମାଧ୍ୟମରେ ଗୋଡରେ ଚାପ ଦେଇ ହାତକୁ ସାନିଟାଇଜ କରାଯାଇପାରିବ । ଜେଲ ଅଧିକ୍ଷକ ଗରିବ ସାହୁ,ଜେଲର ଅମୀୟ ବେହେରା,ଆସିଷ୍ଟା ଜେଲର ମହେଶ୍ୱର କୁଜୁର,କାରା ମଙ୍ଗଳ ଅଧିକାରୀ ପୂଜା ନାୟକ,ୱାର୍ଡର ସ୍ୱାଗତ କୁମାର ରଥଙ୍କ ଉପସ୍ଥିତିରେ ଲୋଡିଂ ଏଜେନ୍ସି ର ସମ୍ପାଦକ ଅଞ୍ଜନ କୁମାର ବେଜ,ପ ାନନ ବାରିକ ଏହି ସାମଗ୍ରୀ ପ୍ରଦାନ କରିଛନ୍ତି । ଲୋଡିଂ ଏଜେନ୍ସି ପକ୍ଷରୁ ଜେଲ ଅନ୍ତେବାସୀଙ୍କୁ ଏହି ସାମଗ୍ରୀ ପ୍ରଦାନ କରାଯାଇଥିବାରୁ ଜେଲ ତରଫରୁ ସାଧୁବାଦ ଜ୍ଞାପନ କରାଯାଇଛି ।

## ଖଟିଖିଆଙ୍କୁ ମାଗଣା ଖାଦ୍ୟ, ୬ ମାସ ପାଇଁ ପ୍ରତି ପରିବାରକୁ ଆର୍ଥିକ ସହାୟତା ଦାବିରେ ସିପିଆଇଏମ୍‌ର ବିକ୍ଷୋଭ

ଭଦ୍ରକ, (ପିଏନ)- ସିପିଆଇଏମ୍ ପଲିଟି ବ୍ୟୁରୋ ଡାକରାରେ ସାରା ଦେଶରେ ଗତ ୧୭ ତାରିଖ ଠାରୁ ମୋଦି ସରକାର ବିରୋଧୀ ଆନ୍ଦୋଳନ ଜାରି ରହିଛି । ଏହି ପରିପ୍ରେକ୍ଷୀରେ ବିଭିନ୍ନ ଦାବି ନେଇ ସିପିଆଇଏମ ଭଦ୍ରକ ଜିଲ୍ଲା କମିଟି ପକ୍ଷରୁ ସ୍ଥାନୀୟ ବନ୍ତ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ସମଗ୍ର ବିଶ୍ୱ କରୋନା ମହାମାରୀ କବଳରେ ରହିଛି । ଭାରତ ବର୍ଷ ମଧ ଏଥିରୁ ବାଦ୍ ପଡିନାହିଁ । ଦେଶବାସୀଙ୍କ ଜୀବନ ଓ ଜୀବିକା ସଂକଟମୟ ସ୍ଥିତି ମଧ୍ୟରେ ଗତି କରୁଛି । ଏଭଳି ସମୟରେ କେନ୍ଦ୍ରର ମୋଦି ସରକାର ସଂସଦରେ ଏ ବିଷୟ ଆଲୋଚନା ନ କରି କୃଷିଜାତ ଦ୍ରବ୍ୟ ଡାଲି, ଧାନ, ଆଳୁ, ପିଆଜକୁ ୩ଟି ଅଧ୍ୟାଦେଶ ଜରିଆରେ କର୍ପୋରେଟ କମ୍ପାନୀ ହାତକୁ ଟେକି ଦେଇଛି । ସମସ୍ତ ରାଷ୍ଟ୍ରାୟ ଶିଳ୍ପ ଯଥା ରେଳବାଇ, ବିମାନ ସେବା, ବ୍ୟାଙ୍କ, ଡାକ, ବୀମା, ଖଣିକୁ ଶାଗମାଛ ଦରରେ ଆଦାନୀ, ଅମ୍ବାନୀ ତଥା ବିଦେଶୀ କର୍ପୋରେଟ କମ୍ପାନୀକୁ ଟେକି ଦିଆଯାଉଛି ବୋଲି ବିକ୍ଷୋଭ ଅବସରରେ ଆରୋପ କରାଯାଇଛି । ଦେଶରେ ପେଟ୍ରୋଲ, ଡିଜେଲର ଦରବୃଦ୍ଧିକୁ ନିୟନ୍ତ୍ରଣ କରିବା, ଅତ୍ୟାବଶ୍ୟକ ସାମଗ୍ରୀର ମୂଲ୍ୟରେ ସ୍ଥିରତା ଆଣିବା, କରୋନା ମହାମରୀ ଜନିତ ଗରିବ ଖଟିଖିଆ ରିକ୍‌ସା ଚାଳକ, ନିର୍ମାଣ ଶ୍ରମିକ, ପରିବହନ ଶ୍ରମିକ, ବନ୍ଦର ଶ୍ରମିକ, ଟ୍ରଲି ଚାଳକ ଭଳି ପରିବାରକୁ ମାଗଣା ଖାଦ୍ୟ ଯୋଗାଣ ଓ ପ୍ରତି ପରିବାରକୁ ୬ ମାସ ପାଇଁ ମାସିକ ୭୫୦୦ ଟଙ୍କା ଆର୍ଥିକ ସହାୟତା ଯୋଗାଇବାକୁ ବିକ୍ଷୋଭ ସଭାରେ ଦାବି କରାଯାଇଛି । ପାର୍ଟିର ଜିଲ୍ଲା କମିଟି ସମ୍ପାଦକ ଦିବ୍ୟସିଂହ ନାୟକଙ୍କ ନେତୃତ୍ୱରେ ଅନୁଷ୍ଠିତ ସଭାରେ ସେକ୍ କାସିମ, ସେକ୍ ମନଓ୍ୱର, ସେକ୍ ସିକ୍ରୁ, ଗେଜ ମୁଣ୍ଡା, ମ ୁ ମୁଣ୍ଡା, ସେକ୍ ହାଦିକ, ସନାତନ ଦାସ, ସନ୍ତୋଷ ରାଉତ, ସେକ୍ କମର, ସେକ୍ ଅବଦୁଲ ରହେମାନ, ଜଗନ୍ନାଥ ରାଓ, ରାଜୁ ରାଓ, ମେହେମୁଦ୍ ପ୍ରମୁଖ ବିକ୍ଷୋଭ ସଭାରେ ସାମିଲ ହୋଇଥିଲେ ।

# କାରଖାନା ବନ୍ଦ ପାଇଁ ଚକ୍ରାନ୍ତ, ବଢୁଛି ଅସନ୍ତୋଷ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରେ ଖଣିଜ ସଂପଦର ସଦୁପଯୋଗ କରିବା ପାଇଁ ଶିଳ୍ପ ପ୍ରତିଷ୍ଠା ଜରୁରୀ ହୋଇପଡିଛି । ବହୁ କମ୍ପାନୀ ଶିଳ୍ପ ନକରି ଖଣିଜ ପଥର ଚାଲାଣ କରି ଲାଭବାନ ହେଉଥିବାବେଳେ କେତେକ କମ୍ପାନୀ ଖଣିଜ ପଥର ସଦୁପଯୋଗ କରିବା ସହ ଜିଲ୍ଲାର ବିକାଶ ଓ ସ୍ଥାନୀୟ ଅ ଳର ବେକାର ଯୁବକ ଯୁବତୀଙ୍କ ନିଯୁକ୍ତିକୁ ଆଖି ଆଗରେ ରଖି ଶିଳ୍ପ ପ୍ରତିଷ୍ଠା କରିଛନ୍ତି । ତେବେ କେତେକ ମୃଷ୍ଟିମେୟ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ନିଜର ଫାଇଦା ପାଇଁ ସ୍ଥାନୀୟ ସରଳ ଗରୀବ ଲୋକଙ୍କୁ ମତାଇ ଉକ୍ତ ଶିଳ୍ପ ବନ୍ଦ ପାଇଁ ଚକ୍ରାନ୍ତ ଚଳାଇ ଆସୁଥିବାରୁ ଅସନ୍ତୋଷ ବଢିବାରେ ଲାଗିଛି । ଏଭଳି ଘଟଣା ବାଂଶପାଳ ବ୍ଲକ ଅଁରା ଗ୍ରାମରେ ପ୍ରତିଷ୍ଠିତ ହୋଇଥିବା ଶ୍ରୀ ମେଟାଲିକ୍ସ କାରଖାନାକୁ ବନ୍ଦ କରିବା ପାଇଁ ଷଡଯନ୍ତ୍ର କରାଯାଉଥିବା ନେଇ ସ୍ଥାନୀୟ ଲୋକ କେନ୍ଦୁଝର ଜିଲ୍ଲାପାଳଙ୍କଠାରେ ମଙ୍ଗଳବାର ଦିନ ଅଭିଯୋଗ କରିଛନ୍ତି । ଏହି କାରଖାନା ଆଦିବାସୀ ଅଧ୍ୟୁଷିତ ଅ ଳରେ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ପାଇଁ ୨୦୧୦ ମସିହାରେ ପ୍ରତିଷ୍ଠା ହୋଇ କାର୍ଯ୍ୟକ୍ଷମ ହୋଇଥିଲା । ଏହାଦ୍ୱାରା କାମ ଆଶାରେ ଜମି ଦେଇଥିବା ଶତାଧିକ ପରିବାର ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଉପର ରାଇଗୋଡା ପ ାୟତ ସମେତ ମାଳଦା,ଫୁଲଝରେ,କୁମୁଣ୍ଡି,ଶୁଆକାଟୀ,ବାଂଶପାଳ ଆଦି ପ ାୟତର ବହୁ ବେକାର ଯୁବକ ଉପକୃତ ହୋଇ ଆସୁଥିଲେ । ତେବେ କେତେକ କୁଚକ୍ରୀ ଗୋଷ୍ଠୀଙ୍କ ଚକ୍ରାନ୍ତରେ ୨୦୧୪ ମସିହାରେ କାରଖାନା ବନ୍ଦ ହୋଇଯାଇଥିଲା । ଉକ୍ତ ସମୟରେ ସ୍ଥାନୀୟ ଲୋକେ କାମଧନ୍ଦା ହରାଇ ଆର୍ଥିକ ଦୁର୍ଦ୍ଦଶାର ସମ୍ମୁଖୀନ ହୋଇଥିଲେ । କାରଖାନା ପାଇଁ ଜମି ଦେଇଥିବା ଲୋକମାନେ ବାଧ୍ୟ ହୋଇ ଭିଟାମାଟି ଛାଡି କାମଧନ୍ଦା ପାଇଁ ବାହାରକୁ ପଳାଇବାକୁ ବାଧ୍ୟ ହୋଇଥିଲେ । ପରେ ଜମିହରା ଲୋକଙ୍କ ଅନୁରୋଧ ଓ ଅନୁକୁଳ ପରିବେଶ ସୃଷ୍ଟି ହେବା ପରେ ୨୦୧୭ ରେ ପୁନଃ ସ୍ଥାନୀୟ ଲୋକଙ୍କ ସହଯୋଗରେ କାରଖାନା ଚାଲୁ ହୋଇଥିଲା । ଏବେ କେତେକ ନ୍ୟସ୍ତ ସ୍ୱାର୍ଥବାଦୀ ଲୋକ ନିଜର ଫାଇଦା ପାଇଁ ଗରୀବ ଓ ନିରୀହ ଆଦିବାସୀଙ୍କୁ ପ୍ରଲୋଭିତ କରି କାରଖାନାରେ ବିଶୃଙ୍ଖଳା ସୃଷ୍ଟି କରି ବନ୍ଦ କରିବା ପାଇଁ ଉଦ୍ୟମ ଚଳାଇଛନ୍ତି । ଅନେକ ସମୟରେ ମିଥ୍ୟା ଓ ଭି ତ୍ତିହୀନ ଅଭିଯୋଗ କରି କାରଖାନା କ ର୍ତ୍ତୃପକ୍ଷଙ୍କୁ ବିବାଦ ଘେରକୁ ଟାଣି ନେବାକୁ ଚେଷ୍ଟା କରିବା ସହ ଉ ତ୍ତେଜନା ପରିସ୍ଥିତି ସୃଷ୍ଟି କରୁଛନ୍ତି । ସେମାନେ ଗରୀବ ଲୋକଙ୍କୁ ପ୍ରଲୋଭିତ କରି କିମ୍ବା ଧମକଚମକ ଦେଇ କାରଖାନାରେ କାମ କରିବାକୁ ବାରଣ କରୁଛନ୍ତି । ସେମାନଙ୍କୁ ହାତବାରିସି କରି ହିଂସାତ୍ମକ ଆନ୍ଦୋଳନ କରିବା ସହ ଅରାଜକତା ସୃଷ୍ଟି କରି ଶ୍ରୀ ମେଟାଲିକ୍ସ ପ୍ଲା ଣ୍ଟକୁ ବନ୍ଦ କରିବାକୁ ଉଦ୍ୟମ ଚଳାଇଛନ୍ତି । କାରଖାନା ବନ୍ଦ ହେଲେ ଶହ ଶହ ଜମିହରା ଗ୍ରାମବାସୀ ଏବଂ କାରଖାନା ଉପରେ ନିର୍ଭରଶୀଳ ସ୍ଥାନୀୟ ଅ ଳର ଅଧିବାସୀ ଜୀବନଜୀବିକା ହରାଇବେ ଓ କରୋନା ମହାମାରୀ ସମୟରେ କାମଧନ୍ଦା ହରାଇ ସେମାନଙ୍କର ଆର୍ଥିକ ସ୍ଥିତି ଦୋହଲିଯିବ । ଏଣୁ ଏଥିରେ ଜିଲ୍ଲା ପ୍ରଶାସନ ହସ୍ତକ୍ଷେପ କରି କୁଚକ୍ରୀ ଷଡଯନ୍ତ୍ରକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି କାରଖାନାକୁ ଶାନ୍ତିପୂର୍ଣ୍ଣ ଭାବରେ ପରିଚାଳନା କରିବାକୁ ଅଁରା ଗ୍ରାମବାସୀ ଓ ଶ୍ରୀ ରାଧାକୃଷ୍ଣ ଗ୍ରାମ କମିଟି ତରଫରୁ ଅନୁରୋଧ କରାଯାଇଛି । ଏହାର ଏକକିତା ନକଲ ମୁଖ୍ୟ ଶାସନ ସଚିବଙ୍କୁ ପ୍ରଦାନ କରିବା ସହ କେନ୍ଦୁଝର ଉପଜିଲ୍ଲାପାଳ,ସଦର ଏସ୍‌ଡିପିଓ, ବାଂଶପାଳ ତହସିଲଦାର, ନୟାକୋଟ ଥାନା ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି ।

## ଭୁବନ ସିଏଚସିରେ ୬୧ ଜଣଙ୍କର ଆଂଟିଜେନ ଟେଷ୍ଟ ହେଲା

ଭୁବନ, (ପିଏନ)- ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ଅଗଷ୍ଟ ୧୧ ତାରିଖ ମଙ୍ଗଳବାର ଠାରୁ ଆଂଟିଜେନ ଟେଷ୍ଟିଂ ଆରମ୍ଭ ହୋଇଥିବା ବେଳେ ଆଜି ସମୁଦାୟ ୬୧ ଜଣ ବ୍ୟକ୍ତି ଟେଷ୍ଟିଂ କରିଥିଲେ । ତେବେ ଆଜି ସୁଦ୍ଧା ୨୩୬୯ ଜଣ ବ୍ୟକ୍ତି ଆଂଟିଜେନ ଟେଷ୍ଟ କରିଥିବା ଜଣାପଡିଛି । ଭୁବନ ଏନଏସିରେ ଦିନକୁ ଦିନ ଥଣ୍ଡା,କାଶ,ଜ୍ୱର ସହିତ କରୋନା ସଂକ୍ରମିତ (ପଜିଟିଭ) ଙ୍କ ସଂଖ୍ୟା ବୃଦ୍ଧି ପାଇ ପାଖାପାଖି ୫ ଶହରେ ପହଁଚିଥିବାରୁ ଲୋକମାନେ ନିଜର ସୁରକ୍ଷା ଓ ସ୍ୱାସ୍ଥ୍ୟରକ୍ଷା ପାଇଁ ଅଧିକ ରୁ ଅଧିକ ସଂଖ୍ୟାରେ ଆଂଟିଜେନ ଟେଷ୍ଟ କରିବାକୁ ଡାକ୍ତରଖାନାରେ ଗହଳି କରୁଥିବା ଦେଖିବାକୁ ମିଳୁଛି ।

# ଉପଖଣ୍ଡ ଚିକିତ୍ସାଳୟରେ ବ୍ଲଡ ଷ୍ଟୋରେଜ ୟୁନିଟ୍‌କୁ କାର୍ଯ୍ୟକ୍ଷମ ଦାବୀ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ଥିତ ଉପଖଣ୍ଡ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ୩ ବର୍ଷ ତଳେ ବ୍ଲଡ ଷ୍ଟୋରେଜ ୟୁନିଟ ଖୋଲାଯାଇଥିଲା । ହେଲେ ଆବଶ୍ୟକ ରକ୍ତ ସଂଗ୍ରହ ହୋଇ ପାରୁନଥିବା ଯୋଗୁଁ ଏହି ୟୁନିଟ ବନ୍ଦ କରି ଦିଆଯାଇଥିବା ଜଣାପଡିଛି । ଫଳରେ ଏହି ୟୁନିଟକୁ ତୁରନ୍ତ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି । ନୂଆପଡା ଜିଲ୍ଲାର ପ୍ରମୁଖ ଏବଂ ମୁଖ୍ୟସ୍ଥଳୀ ଭାବରେ ଖଡିଆଳ ଜଣାଶୁଣା । ଏଠାରେ ରକ୍ତ ଅଭାବରୁ ଅନେକ ରୋଗୀ ଉପଯୁକ୍ତ ଚିକିତ୍ସା ସେବା ପାଇ ପାରୁନଥିବା ବେଳେ ବ୍ଲଡ ଷ୍ଟୋରେଜ ୟୁନିଟର ନିତାନ୍ତ ଆବଶ୍ୟକତା ରହିଛି । ରାଜ୍ୟ ସରକାର ତଥା ଜିଲ୍ଲା ପ୍ରଶାସନ ତରଫରୁ ପ୍ରତିମାସରେ ରକ୍ତଦାନ ଶିବିର ଆୟୋଜନ କରି ଆବଶ୍ୟକ ରକ୍ତ ମହଜୁଦ ରଖିବାକୁ ଇତିପୂର୍ବେ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ତଦନୁରୁପ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀ ରକ୍ତଦାନ ଶିବିର ଆୟୋଜନ ପାଇଁ ବୈଠକ ମଧ୍ୟ କରିଥିଲେ । କିନ୍ତୁ କୌଣସି କାରଣ ନଥାଇ ତାହାକୁ ବିନା କାରଣରେ ବନ୍ଦ କରି ଦିଆଯାଇଛି । ଖଡିଆଳ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପ୍ରସୂତୀ ଅସ୍ତ୍ରୋପଚାର କେନ୍ଦ୍ର ରୁପେ ଜିଲ୍ଲା ପ୍ରଶାସନ ସ୍ୱୀକୃତି ଦେଇଥିବା ବେଳେ ଆନୁସାଙ୍ଗିକ ବ୍ୟବସ୍ଥା ନହେବା କାରଣରୁ ଅନେକ ଗର୍ଭବତୀ ମହିଳା ମାନେ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରସବ କରିବାକୁ ବିଫଳ ହେଉଛନ୍ତି । ଖଡିଆଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୈନିକ ଦୈନିକ ୧୦ ରୁ ଉର୍ଦ୍ଧ ମାଁ ପ୍ରସବ କରୁଛନ୍ତି । କିନ୍ତୁ ଅନେକ ମାଁଙ୍କୁ ରକ୍ତ ମିଳୁନଥିବା ଯୋଗୁଁ ଶିଶୁ ଜନ୍ମ ଦେଲା ପରେ ମଧ୍ୟ ନୂଆପଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପ୍ରସୂତୀଙ୍କୁ ନେବାକୁ ବାଧ୍ୟ ହେଉଛନ୍ତି । ବ୍ଲଡ ଷ୍ଟୋରେଜ ୟୁନିଟ କାର୍ଯ୍ୟକ୍ଷମ ହେଲେ ଅନେକ ପ୍ରସୂତୀ ମାଁ ସମେତ ଅନ୍ୟାନ୍ୟ ରୋଗୀ ମାନେ ଉପକୃତ ହୋଇପାରନ୍ତେ ବୋଲି ଖଡିଆଳ ବୁଦ୍ଧିଜିବୀ ପ୍ରକାଶ କରିଛନ୍ତି । ଜିଲ୍ଲା ପ୍ରଶାସନ ତୁରନ୍ତ ଦୃଷ୍ଟି ଦେଇ ବ୍ଲଡ ଷ୍ଟୋରେଜ ୟୁନିଟକୁ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି ।

# ଭୁବନ ବିଜେପି ତରଫରୁ ସେବା ସପ୍ତାହ ଉଦଯାପିତ

ଭୁବନ, (ପିଏନ)- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ୭୦ ତମ ଜନ୍ମଜୟନ୍ତୀ ଅବସରରେ ଭୁବନ ବିଜେପି ତରଫରୁ ଅନୁଷ୍ଠିତ ସେବା ସପ୍ତାହ କାର୍ଯ୍ୟକ୍ରମ ଉଦଯାପିତ ହୋଇଯାଇଛି । ବୃକ୍ଷରୋପଣ,ଦିବ୍ୟାଙ୍ଗ ଙ୍କୁ ଉପକରଣ ବଣ୍ଟନ,ଡାକ୍ତରଖାନାରେ ରୋଗୀଙ୍କୁ ଫଳ ବଣ୍ଟନ,ରକ୍ତଦାନ ଶିବିର ଏବଂ ଅନ୍ତିମ ଦିବସରେ ଗତକାଲି ପ୍ରସିଦ୍ଧ ଶୈବପୀଠ ବାବା ବୁଦ୍ଧେଶ୍ୱରଙ୍କ ମନ୍ଦିର ପରିସରରେ ସ୍ୱଚ୍ଛଭାରତ କାର୍ଯ୍ୟକ୍ରମ କରାଯାଇ ସେବା ସପ୍ତାହ ଉଦଯାପିତ ହୋଇଥିଲା । ଭୁବନ ନଗରମଣ୍ଡଳ ସଭାପତି ଭବାନୀ ଶଙ୍କର ବେହେରା ଙ୍କ ନେତୃତ୍ୱରେ ଆୟୋଜିତ ସମସ୍ତ କାର୍ଯ୍ୟକ୍ରମରେ କାମାକ୍ଷାନଗର ବିଧାୟକ ପ୍ରାର୍ଥୀ ତଥା ବରିଷ୍ଠ ବିଜେପି ନେତା ଶତ୍ରୁଘ୍ନ ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ । ମଣ୍ଡଳ ସାଧାରଣ ସଂପାଦକ ସୁରେନ୍ଦ୍ର କୁମାର ପୃଷ୍ଟି, ଯୁବମୋର୍ଚ୍ଚା ସଭାପତି ନିର୍ମଳ ଗୁରୁ, ପୂର୍ବତନ କାନସିଲର ମାୟାଧର ଗୁରୁ,ପବିତ୍ର ସାହୁ,ଗଣେଶ୍ୱର ନାୟକ,ସୁଶାନ୍ତ ନାୟକ,ସନ୍ତୋଷ ରାଉଳ,ନିରଂଜନ ଗୁରୁ, ମଳୟ ତ୍ରିପାଠୀ,ଜଗବନ୍ଧୁ ଗୁରୁ,ଅଜିତ ସାହୁ,ସଂଜୟ ଗୁରୁ,ନାରୀନେତ୍ରୀ ସରୋଜିନୀ ରଣା,ଅମ୍ବିକା ବେଜ,ସୁକାନ୍ତି ବେହେରା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ସଫଳ କରିଥିଲେ । ଅନୁରୂପ ଭାବେ ଭୁବନ ବ୍ଲକର ମହୁଲପାଳ ମଣ୍ଡଳ ସଭାପତି ଚୈତନ୍ୟ ବେହେରା,ମୃଦଙ୍ଗା ସରପଂଚ ଅଶୋକ ଦତ,ମହୁଲପାଳ ସରପଂଚ ମମତା ସାହୁ,ଗଗନ ବିହାରୀ ସାହୁ ଏବଂ ବାରଆଁ ମଣ୍ଡଳ ତରଫରୁ ସଭାପତି ସଂଜୟ ଦାସ ଙ୍କ ନେତୃତ୍ୱରେ ରସାନନ୍ଦ ମହାପାତ୍ର, ଜିଲ୍ଲା ସାଧାରଣ ସଂପାଦକ ପ୍ରେମାନନ୍ଦ ଜେନା ଙ୍କ ସହଯୋଗରେ ସେବା ସପ୍ତାହ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

# ୩୦ ବର୍ଷର ଫଳପୁରର ଜଙ୍ଗଲ ଜମି ଏବେ ବ୍ୟକ୍ତିଗତଙ୍କ ନାଁରେ : ଆନ୍ଦୋଳନ ପାଇଁ ୫ ପଂଚାୟତବାସୀ ଏକଜୁଟ

ଭଦ୍ରକ, (ପିଏନ)- ଭଦ୍ରକ ଜିଲା ଧାମନଗର ତହସିଲ ଅଧିନରେ ଥିବା ବିଭିନ୍ନ ଗୋଚର, ଅନାବାଦୀ ଓ ଜଙ୍ଗଲ ଜମିକୁ କେତେକ ଜମି ଦଲାରୀ ଚଂଚକତା କରି ନିଜ ନାମରେ କରି ନେଇଥିବା ଅଭିଯୋଗ ହୋଇଛି । ଏପରିକି ଉକ୍ତ ଜମିରେ ସଂପୃକ୍ତ ଦଲାରୀମାନେ ପକ୍କାଘର ସହିତ ଜବରଦଖଲ କରିବାରେ ସକ୍ଷମ ହୋଇଛନ୍ତି । ଏନେଇ ବିଭିନ୍ନ ମହଲରୁ ବାରମ୍ବାର ଅଭିଯୋଗ ସତ୍ତ୍ୱେ ବି ସେମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ହେଉନଥିବା ଅଭିଯୋଗ ହୋଇଛି । ଏହାକୁ ନେଇ ଅଂଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ପ୍ରକାଶ ଥାଉକି ଧାମନଗର ତହସିଲ ଅନ୍ତର୍ଗତ ଭଟ୍ଟସାହି ପଂଚାୟତ ଫଳପୁର ମୌଜାର ତଫସିଲ ଗ୍ରାମ୍ୟ ଜଙ୍ଗଲ ବୃତିକୁ ଚଂଚକତା କରି ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ନିଜ ନାମରେ ପଟ୍ଟା କରିନେଇଥିବା ଜଣାଯାଇଛି । ଅଭିଯୋଗରୁ ଜଣାଯାଇଛି ଯେ, ଜମିଦାରୀ ସମୟରେ ସୁଶିଳାବାଳା ଦାସୀ ନାମରେ ଉକ୍ତ ତଫସିଲ ରେକର୍ଡ ଦରଜ ଥିଲା । ସାବକରେ ଏହାର ଖାତା ନଂ-୧୩୫ ଅବଂ ପ୍ଲଟ ନଂ-୧୫୬୦ ଓ ୧୫୬୧, ରକବା ୨ଏକର ୧୧ ଡିସିମିଲ ଥିଲା । ତତ୍‌ପରେ ଉକ୍ତ ତଫସିଲ ହାଲ ବନ୍ଦୋବସ୍ତରେ ରାଧାକାନ୍ତ ବୋଷ ପିତା-ରାମକୃଷ୍ଣ ବୋଷ, ବାସସ୍ଥାନ-କୋଠାରରେ ରେକର୍ଡ ଦରଜ ଥାଇ ପୁନର୍ବାର ରାଧାକାନ୍ତ ବୋଷଙ୍କ ଦୁଇ କନ୍ୟା ରାଜେଶ୍ୱରୀ ଦେ ଓ ତନୁଶ୍ରୀ ମିତ୍ରଙ୍କ ନାମରେ ରେକର୍ଡ ହୋଇଥିଲେ ହେଁ ପ୍ରକୃତପକ୍ଷେ ସେମାନେ କେହିଁ ଏହି ଜଙ୍ଗଲ ଜମିରେ ଦଖଲଦାରୀ ନଥିଲେ । ପରବର୍ତ୍ତୀ ସମୟରେ ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ସେମାନଙ୍କ ଠାରୁ ଚଂଚକତା କରି ଉକ୍ତ ଜଙ୍ଗଲ ଜମିକୁ ନିଜ ନାମରେ କରି ପଟ୍ଟା ପାଇବାରେ ସକ୍ଷମ ହୋଇଛନ୍ତି । ଏହି ଚଂଚକତା ଘଟଣା ଜଣାପଡିବା ପରେ ଆଖପାଖ ଅଂଚଳର ଭଟ୍ଟସାହି ସମେତ ନଦୀଗାଁ, ଦଲାଙ୍ଗ, ଅର୍ଜୁନପୁର ଓ ବୟାଙ୍ଗଡିହ ଆଦି ପଂଚାୟତର ଶହଶହ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଉକ୍ତ ଗ୍ରାମ୍ୟ ଜଙ୍ଗଲରେ ପାରିପାର୍ଶ୍ୱରେ ଅରଳେଶ୍ୱର ମହାଦେବ ମନ୍ଦିର, ଶନିଦେବଙ୍କ ମନ୍ଦିର, କଣ୍ଡିଆଶୁଣି ଏବଂ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଅସ୍ଥାନ ରହିଛି । ମଧଭାଗରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ରାସ୍ତା ଏବଂ ଜଙ୍ଗଲର ଚତୁପାର୍ଶ୍ୱରେ କଣ୍ଡିଆ ଓ ଗେଙ୍ଗୁଟି ନଦୀ ଥିବାରୁ ପରିବେଷକୁ ସୁନ୍ଦର କରିଛି । ଏନେଇ ଉକ୍ତ ୫ଟି ପଂଚାୟତର ଶତାଧିକ ଜନସାଧାରଣ ଏହି ଗ୍ରାମ୍ୟ ଜଙ୍ଗଲ ପରିସରରେ ଥିବା କଣ୍ଡିଆଶୁଣୀ ପୀଠରେ ଏକତ୍ରିତ ହୋଇ ପରବର୍ତ୍ତୀ କାର୍ଯ୍ୟପନ୍ଥା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ୩୦ ବର୍ଷ ଧରି ସରକାରଙ୍କ ଏହି ସ୍ଥାନ ଗ୍ରାମ୍ୟ ଜଙ୍ଗଲର ମାନ୍ୟତା ପାଇଥିଲା ବେଳେ କିପରି ଭାବେ ଏହି ଜମିକୁ ସଂପୃକ୍ତ ବ୍ୟକ୍ତିଙ୍କ ନାମରେ ରେକର୍ଡଭୁକ୍ତ କରାଗଲା । ଏହି ର୍‌ୟାକେଡ ପଛରେ କେଉଁ ସରକାରୀ ଅଧିକାରୀଙ୍କ ହାତ ଅଛି ତାହାକୁ ତୁରନ୍ତ ବାହାର କରିବା ସହିତ ଜଙ୍ଗଲ ଜମିକୁ ସୁରକ୍ଷା ଦେବା ପାଇଁ ଏକ ପ୍ରତିନିଧି ଦଳ ଆଗାମୀ ଦିନରେ ଭଦ୍ରକ ଜିଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ସ୍ଥିର କରାଯାଇଛି । ଏଥିସହ ଧାମନଗର ତହସିଲଦାରଙ୍କ ସମେତ ମୁଖ୍ୟମନ୍ତ୍ରୀ, ଆରଡିସି, ରାଜସ୍ୱ ଓ ଜଙ୍ଗଲ ବିଭାଗର ମନ୍ତ୍ରୀ, ସାଂସଦ, ସ୍ଥାନୀୟ ବିଧାୟକ ଓ ପଂଚାୟତ ସମିତି ଅଧକ୍ଷଙ୍କୁ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରାଯିବା ପାଇଁ ନିଷ୍ପତି ହୋଇଛି । ଏହି ବୈଠକରେ ସମାଜସେବୀ ମଧୁସୂଦନ ମହାନ୍ତିଙ୍କ ସଭାପତିତ୍ୱରେ ନାରାୟଣ ଚନ୍ଦ୍ର ନାୟ, ସଂଜୟ କୁମାର ମହାପାତ୍ର, ଉମେଶ ଚନ୍ଦ୍ର ମହାନ୍ତି, ସମିତିସଭ୍ୟ ବିରଜା ପ୍ରସନ୍ନ ରାଉତ, ବିଶ୍ୱଜିତ ପତି, ସଂଜିବ କୁମାର ସାହୁ, ଦୁଃଶାସନ ପଣ୍ଡା, ପ୍ରମୋଦ କୁମାର ମହାନ୍ତି, ମନୋଜ କୁମାର ମହାନ୍ତି, ଗୋଲେଖ ଚନ୍ଦ୍ର ମହାନ୍ତି, ହରେକୃଷ୍ଣ ମହାଳିକ, ଆନନ୍ଦଚନ୍ଦ୍ର ମହାପାତ୍ର, ବାବାଜୀ ଚରଣ ନାୟକ, ପ୍ରଦୀପ ମହାପାତ୍ର, ସନ୍ଦିପ ମହାନ୍ତି, ଜନ୍ମଜୟ ପତି, ବୁଲୁ ପଣ୍ଡା, ଉପେନ୍ଦ୍ର ମହାପାତ୍ର, ରାମଚନ୍ଦ୍ର ସାହୁ, ପ୍ରଦୀପ ନାୟକ, ଦିପ୍ତି ମହାପାତ୍ର, କ୍ଷେତ୍ରବାସୀ ବାରିକ, ହରେକୃଷ୍ଣ ପ୍ରଧାନ, ପ୍ରତାପ ଜେନାଙ୍କ ସମେତ ଶତାଧିକ ଜନସାଧାରଣ ଉପସ୍ଥିତ ରହି ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ । ଉପରୋକ୍ତ କାର୍ଯ୍ୟକୁ ପରିଚାଳନା ପାଇଁ ଏକ କମିଟି ଗଠନ କରାଯାଇଛି ।

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

Bhubaneswar Thursday November 14 ଭୁବନେଶ୍ୱର ଗୁରୁବାର, ନଭେମ୍ବର ୧୪,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



## ଆଲୋଚନା ଚକ୍ର - ଅନୁବାଦ ସାହିତ୍ୟ ଏକ – କଳା



ଖୋରଧା,(ପି.ଏନ): ବିଜ୍ଞାନର ଅଭୁତପୂର୍ବ ବିକାଶ ଯୋଗୁ ଗୋଟିଏ ଦେଶର ଚିନ୍ତା ଚେତନା ଅକ୍ଳେଶରେ ଅନ୍ୟ ଏକ ଦେଶକୁ ସଂପ୍ରସାରିତ ହୋଇ ଯାଉଛି। ସାହିତ୍ୟ ମଧ୍ୟ ସେଥିରୁ ବାଦ୍ ପଡିନାହିଁ। ଏ କ୍ଷେତ୍ରରେ ଅନୁବାଦର ଭୂମିକା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବୋଲି ଆଜିର ଆମରି ସତ୍ୟ ବିକାଶ ପରିଷଦ ଖୋର୍ଦ୍ଧା ଆନୁକୂଲ୍ୟରେ ଅନୁଷ୍ଠିତ ଆଲୋଚନା ଚକ୍ରରେ ମଞ୍ଚାସିନ ଅତିଥିମାନେ ମତ ବ୍ୟକ୍ତ କରିଥିଲେ। ଆମରି ସତ୍ୟର ପ୍ରତିଷ୍ଠାତା ଡକ୍ଟର ପ୍ରମୋଦ ଚନ୍ଦ୍ର ଦାଶଙ୍କ ସଭାପତିତ୍ୱ କରି ଅନୁବାଦ ସାହିତ୍ୟ ବିଶ୍ୱମାନବ ପାଇଁ ଏକ ଗବାକ୍ଷ। ଏହା ଏକ କଳା। ଏହା ଦୁଇଟି ଭାଷା ମଧ୍ୟରେ ଯୋଗ ସୂତ୍ର ସ୍ଥାପନ କରିଥାଏ ବୋଲି ମତ ବ୍ୟକ୍ତ କରିଥିଲେ। ଆଲୋଚନା ଚକ୍ରରେ ମୂଖ୍ୟ ଅତିଥି ଭାବେ ଓଡିଶାର ସ୍ୱନାମଧନ୍ୟ ଅନୁବାଦକ ଆଶିଷ କୁମାର ରାୟ ଯାହାଙ୍କର ୨୦୦ରୁ ଉର୍ଦ୍ଧ୍ୱ ଅନୁବାଦ ଲେଖା, କାହାଣୀ,ପ୍ରବନ୍ଧ ଦେଶର ବିଭିନ୍ନ ପତ୍ର ପତ୍ରିକାରେ ପ୍ରକାଶ ପାଇଛି ତଥା ସାହିତ୍ୟ ଏକାଡେମୀ କୋଲକତା,ଏନବିଟି ଦ୍ୱାରା ଅନେକ ପୁସ୍ତକର ଅନୁବାଦକ ସେ ଯୋଗ ଦେଇ ନିଜର ବିଭିନ୍ନ ଅନୁବାଦ ସାହିତ୍ୟ ଉପରେ ଏକ ବିସ୍ତୃତ ଆଲୋକପାତ କରିଥିଲେ। ମୂଖ୍ୟବକ୍ତା ଭାବରେ ପ୍ରାଧ୍ୟାପକ ଗୋପାଳକୃଷ୍ଣ ଦାସ ଯୋଗ ଦେଇ ପ୍ରାଚୀନ ସାହିତ୍ୟକୁ ବିଭିନ୍ନ ଯସ୍ୱସୀ ଲେଖକ ତଥା କବିମାନଙ୍କର ଅନୁବାଦ ସାହିତ୍ୟ ତଥା କବିତା ସାହିତ୍ୟର ବାଣୀ ଭଣ୍ଡାରକୁ ରୁଦ୍ଧିମନ୍ତ କରିଛି ତାହାର ଏକ ବିସ୍ତୃତ ରେଖାପାତ କରିଥିଲେ। ଏହି କାର୍ଯ୍ୟକ୍ରମକୁ ଉଦ୍ଘାଟନ କରିଥିବା ଐତିହାସିକ ତଥା ସାହିତ୍ୟ ଏକାଡେମୀ ପୁରସ୍କାର ପ୍ରାପ୍ତ ଶିକ୍ଷାବିତ୍ ସତ୍ୟବାଦୀ ବଳିୟାର ସିଂହ ନିଜର ବକ୍ତବ୍ୟରେ ଅନୁବାଦ ସାହିତ୍ୟର କିପରି ଆମକୁ ବିଭିନ୍ନ ଭାଷା ସହିତ ସମ୍ପର୍କ ସ୍ଥାପନ କରିବାରେ ସହାୟତା ହୋଇଥାଏ ତାହା ଉପରେ ରେଖାପାତ କରିଥିଲେ। ପ୍ରାରମ୍ଭରେ ବରିଷ୍ଠ ନାଗରିକ ମଂଚର ସମ୍ପାଦକ ତଥା ସୁସାହିତ୍ୟକ ରାମଶଙ୍କର ନିଜର ସ୍ୱାଗତ ଭାଷଣରେ ଅନୁବାଦ ସାହିତ୍ୟର ବିଭିନ୍ନ ଦିଗ ଉପରେ ରେଖାପାତ କରିଥିଲେ । ଏହି ଆଲୋଚନା ଚକ୍ରରେ ଅନ୍ୟମାନଙ୍କ ମଧ୍ୟରେ ପଣ୍ଡିତ ରମାକାନ୍ତ ମିଶ୍ର, ମାର୍ଗଦର୍ଶୀର ସମ୍ପାଦକ ଉମାଶଙ୍କର ପ୍ରସାଦ,ବ୍ରଜବନ୍ଧୁ ନାଏକ, ଆଦି ନାରାୟଣ ଖଣ୍ଡୁଆଳ ପ୍ରମୁଖ ଅଂଶ ଗ୍ରହଣ କରି ଅନୁବାଦ ସାହିତ୍ୟର ବିଭିନ୍ନ ଦିଗ ଉପରେ ରେଖାପାତ କରିବା ସହ ଆଜିର ସମାଜରେ ନିଜ ଓଡିଆର ଅସ୍ମିତାକୁ ବିଭିନ୍ନ ରାଜ୍ୟ ତଥା ଦେଶରେ ପହଂଚାଇବା ପାଇଁ ଅନୁବାଦ ସାହିତ୍ୟ ଏକ ପ୍ରତିଷ୍ଠିତ ମାର୍ଗ ବୋଲି କହିଥିଲେ। ଶିକ୍ଷାବିତ୍ ଜବାହାରଲାଲ ସୁବୁଦ୍ଧି ଧନ୍ୟବାଦ ପ୍ରଦାନ କରିଥିଲେ।ଏହି କାର୍ଯ୍ୟକ୍ରମରେ, ବାଇଧର ମିଶ୍ର,ବିଜୟାନନ୍ଦ ପଟ୍ଟନାୟକ, ପଦ୍ମଲୋଚନ ସାହୁ, ଗୋବିନ୍ଦ ଚନ୍ଦ୍ର ମହାରଣା, ଆରତୀ ମଞ୍ଜରୀ ଦାଶ, ନଳିନୀ ଦାଶ, ସୌଦାମିନୀ ପଟ୍ଟନାୟକ, ନାରାୟଣ ଦାସ, ବସନ୍ତ କୁମାର ପାଟ୍ଟଶାଣୀ, ସାମ୍ବାଦିକ ପ୍ରଦୀପ କୁମାର ବେହେରା, କିଶୋର ଚନ୍ଦ୍ର ପାଇକରାୟ, ଅର୍ଜ୍ଜୁନ ବାରିକ, ରାଜଶ୍ରୀ ରାୟ, ପ୍ରଭାସ ମଙ୍ଗରାଜ, ବିଜୟ କୁମାର ବ୍ରହ୍ମା ପ୍ରମୁଖ ଯୋଗ ଦେଇଥିଲେ। ଅନୁଷ୍ଠିତ କବିତାପାଠକୁ ଗୋବିନ୍ଦ ଚନ୍ଦ୍ର ମହାରଣା, ଆରତୀ ମଞ୍ଜରୀ ଦାଶ ଓ ସୌଦାମିନୀ ପଟ୍ଟନାୟକ ସଂଯୋଜନା କରିଥିଲେ।

## ମୁକ୍ତମଞ୍ଚ ନାଟକ ପ୍ରତିଯୋଗିତା ସ୍ଥଗିତ

ଅସ୍ତରଙ୍ଗ,(ପି.ଏନ): ଓଡ଼ିଶା ବିପର୍ଯ୍ୟୟ ପରିଚ଼ାଳନା ବିଭାଗ ପକ୍ଷରୁ ସାମ୍ଭାବ୍ୟ ବାତ୍ୟା ଅତ୍ୟଧିକ ବର୍ଷାକୁ ଦୃଷ୍ଟିରେ ସାରା ରାଜ୍ୟରେ ହାଇ ଆଲର୍ଟ ଜାରି ହୋଇଥିବା ବେଳେ ପୁରୀ ଉପଜିଲ୍ଲାପାଳ ଗୋପିନାଥ କୁଅଁର, ଅସ୍ତରଙ୍ଗ ତହସିଲଦାର ପ୍ରିୟଙ୍କା ପ୍ରିୟଦର୍ଶିନୀ ପତି ଅନୁରୋଧ କ୍ରମେ ମା ଲକ୍ଷ୍ମୀ କ୍ଲବର ୩୭ତମ ମୁକ୍ତମଞ୍ଚ ନାଟକ ପ୍ରତିଯୋଗିତା ସ୍ଥଗିତ ରଖାଯାଇଛି। ଦର୍ଶକ ଆମ ପାଇଁ ଭଗବାନ ଦର୍ଶକଙ୍କ ସୁରକ୍ଷା ଆମ୍ଭର ପ୍ରାଥମିକତା ଆସନ୍ତା ୨୩,୨୪ ତାରିଖରେ ବାତ୍ୟା ଆଶଙ୍କାକୁ ଦୃଷ୍ଟି ରେ ରଖି ସ୍ଥଗିତ ରଖାଯାଇଛି ପରିବେଶ ସନ୍ତୁଳନତା ଠିକ୍ ରହିଲେ କେବେ କେଉଁ ଦିନ ମୁକ୍ତମଞ୍ଚ ନାଟକ ପ୍ରତିଯୋଗିତା ଅନୁଷ୍ଠିତ ହେବ ଗଣମାଧ୍ୟମକୁ ସୂଚ଼ନା ଦିଆଯିବ ବୋଲି କହିଛନ୍ତି କ୍ଲବ୍ ର ସଭାପତି ତରୁଣ ତପନ ସ୍ୱାଇଁ, ଉପସଭାପତି ହରିହର ମହାନ୍ତି,ସଂପାଦକ ପବିତ୍ର କୁମାର କାଣ୍ଡି, ସାଂସ୍କୃତିକ ସଂପାଦକ ଦେବାଶିଷ ବାରିକ୍ ।

## ଅବସରକାଳୀନ ସମ୍ବର୍ଦ୍ଧନା ସଭା



ଯାଜପୁର,(ପି.ଏନ): ଯାଜପୁର ପୌରପାଳିକା ଅନ୍ତର୍ଗତ ବିରଜା ହାଇସ୍କୁଲର ବରିଷ୍ଠ ଶିକ୍ଷୟିତ୍ରୀ ଲକ୍ଷ୍ମୀପ୍ରିୟା ମହାପାତ୍ରଙ୍କ ଅବସରରେ ବିଦ୍ୟାଳୟ ପରିସରରେ ମଙ୍ଗଳବାର ଦିନ ଏକ ସମ୍ବର୍ଦ୍ଧନା ସଭା ବିଦ୍ୟାଳୟର ପ୍ରଧାନଶିକ୍ଷକ କିଶୋର ଚନ୍ଦ୍ର ମଲ୍ଲିକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ସଭାରେ ରାଷ୍ଟ୍ରପତି ଓ ରାଜ୍ୟପାଳ ପୁରସ୍କାର ପ୍ରାପ୍ତ ଶିକ୍ଷାବିତ୍ ବିଶ୍ୱମ୍ଭର ମିଶ୍ର ମୁଖ୍ୟ ଅତିଥିଭାବେ ଯୋଗଦେଇଥିଲେ। ଦେବାଶିଷ ମହାନ୍ତି, ରଜତ୍ କୁମାର ବୋଷ, ସୁପ୍ରଭା ନାୟକ, ଅଳକା ନନ୍ଦା ଦାଶ, ସବିତା ଦାସ, ଅଜୟ କୁମାର ଦାସ, ସମ୍ମାନିତ ଅତିଥିଭାବେ ଯୋଗଦେଇ ସମ୍ବର୍ଦ୍ଧିତ ବିଦାୟୀ ଶିକ୍ଷୟିତ୍ରୀଙ୍କ ଗୁଣାବଳୀ ଗାନ କରିଥିଲେ। ସେ ଜଣେ ଧର୍ମପରାୟଣା, ଛାତ୍ରବତ୍ସଳା, ସମୟାନୁବର୍ତ୍ତି, ନିଷ୍ଠାପର ଶିକ୍ଷାଦାତ୍ରୀ ଓ ମାର୍ଗ ଦର୍ଶିକା ଥିଲେ ବୋଲି ନିଜର ବକ୍ତବ୍ୟ ରଖିଥିଲେ। ଶିକ୍ଷକ ଅମିୟ କୁମାରା ସ୍ୱାଇଁ ସଭା ପରିଚାଳନା କରିଥିଲେ। ଶିକ୍ଷକ ଶିକ୍ଷୟିତ୍ରୀ ଉମେଶ ଚନ୍ଦ୍ର ସ୍ୱାଇଁ, ଲିପିକା ମୁଦୁଲି, ଶୁଭଶ୍ରୀ ସେଠୀ, ରେଖାରାଣୀ ମଲ୍ଲିକ, ପ୍ରଶାନ୍ତ ସନ୍ଧିବିଗ୍ରହ, ସୁପ୍ରଭା ସାହୁ, ମନସ୍ୱିତା ଭଦ୍ର, ଅନ୍ନପୂର୍ଣ୍ଣା ମହାନ୍ତି, ମୀନାକ୍ଷୀ ଜେନା, ବିଜୟ ଲକ୍ଷ୍ମୀ ପରିଡ଼ା, ରାଜଲକ୍ଷ୍ମୀ ମହାପାତ୍ର, ଜମିଲୁର ରସିଦ୍ ଖାଁ, ଅଶୋକ କୁମାରକ କର, ୟୁସୁଫ୍ ଅଲ୍ଲୀ ଖାଁ, ମୃତ୍ୟୁଞ୍ଜୟ ନାୟକ, ଗୌତବ ବେହେରା, ବିଚିତ୍ରାନନ୍ଦ ଦାଶ, ଦିଲ୍ଲୀପ କୁମାର ପ୍ରଧାନ, ପ୍ରବିର କୁମାର ସେଠୀ, ଅସିମା ଦାସ କାର୍ଯ୍ୟକ୍ରମରେ ସାହାଯ୍ୟ କରିଥିଲେ। ଶେଷରେ ବିଦାୟୀ ଶିକ୍ଷୟିତ୍ରୀଙ୍କୁ ଉପଢ଼ୌକନ ଦିଆଯାଇଥିଲା। ଶିକ୍ଷକ ସମିର କୁମାର ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ବିଲରେ ଧାନ ଜଗିଥିବା ବେଳେ ଦଳି ଦେଲା ହାତୀ ବୃଦ୍ଧ ମୃତ

କେନ୍ଦୁଝର,(ପି.ଏନ): ବାଂଶପାଳ ବ୍ଲକ ଭୂୟାଁ ଜୁଆଙ୍ଗ ପିଢ଼ ରେଞ୍ଜ କୁଶକଳା ଗ୍ରାମ ରେ ଅଭାବନୀୟ ଘଟଣା। ବିଳମ୍ବିତ ରାତିରେ ବିଲ ରେ ଧାନ ଜଗିଥିବା ବେଳେ ହାତୀ ଆକ୍ରମଣରେ ଜଣଙ୍କ ମୃତ୍ୟୁ ଘଟିଛି। ମୃତକ କୁଶକଳା ଗ୍ରାମ ର ମହେଶ୍ୱର ମହାନ୍ତ (୬୮) ବୋଲି ଜଣାପଡିଛି। ଗାଁ ନିକଟ ରେ ଏବେ ବି ୩୨ ଟିକିଆ ହାତୀ ପଲ ଘୁରି ବୁଲୁଥିବା ରୁ ଲୋକେ ଆତଙ୍କିତ ଅବସ୍ଥାରେ ଅଛନ୍ତି। ସୂଚ଼ନା ଅନୁସାରେ ବିଜେପି ରେଞ୍ଜ ର କୁଶକଳା, ଅଡାଳ, କଲଣ୍ଡା ଆଦି ଅଞ୍ଚଳ ରେ ୩୨ ଟୀକିଆ ହାତୀ ପଲ ଘୁରି ବୁଲୁଛନ୍ତି। ହାତୀ ପଲ ଙ୍କ ଉପଦ୍ରବ ଏସବୁ ଅଞ୍ଚଳ ରେ ଲାଗି ରହିଛି। ତେବେ ହାତୀ ପଲ ଙ୍କ କବଳ ରୁ ଧାନ ଫସଲ କୁ ବଞ୍ଚାଇବା ପାଇଁ ଲୋକେ ରାତି ରେ ଧାନ ବିଲ ରେ ମଞ୍ଚା ମାରି ଜଗୁଛନ୍ତି। ଗତ କାଲି ବିଳମ୍ବିତ ରାତିରେ କୁଶକଳା ଗ୍ରାମ ର ମହେଶ୍ୱର ମହାନ୍ତ ଗାଁ ନିକଟସ୍ଥ ନିଜ ବିଲ ରେ ଧାନ ଜଗିଥିବା ବେଳେ ହାତୀ ପଲ ରୁ ଏକୁଟିଆ ବୁଲୁଥିବା ମାଇ ହାତୀ ଟି ଧାନ ବିଲ ରେ ପସି ଯାଇଥିଲା। ହାତୀ ଟି ଧାନ ଫସଲ ନଷ୍ଟ କରୁଥିବା ଦେଖି ମଞ୍ଚା ଉପରୁ ତଳକୁ ଓଲହାଇ ଘୋଉଡାଉଥିବା ବେଳେ ହାତୀ ଟି ତାଙ୍କୁ ଦଳି ଦେଇଥିଲା। ଫଳ ରେ ଘଟଣା ସ୍ଥଳରେ ହିଁ ତାଙ୍କର ମୃତ୍ୟୁ ଘଟିଥିଲା।ଖବର ପାଇ ବନ ବିଭାଗ ଟିମ ଘଟଣା ସ୍ଥଳରେ ପହଞ୍ଚି ମୃତ ଦେହ କୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ମେଡ଼ିକାଲ୍ କୁ ପଠାଇଛି। ବନ ବିଭାଗ ହାତୀ ଙ୍କୁ ଘଉଡ଼ାଇବାକୁ ଉଦ୍ୟମ କରୁଛି। ତେବେ ନିୟମିତ ଧନ ଜୀବନ ନଷ୍ଟ କରୁଥିବା ରୁ ସ୍ଥାନୀୟ ଅଞ୍ଚଳ ରେ ଅସନ୍ତୋଷ ପ୍ରକାଶ ପାଉଛି। ମୃତକ ଙ୍କ ପରିବାର କୁ ସରକାରୀ ସହାୟତା ଯୋଗାଇ ଦେବାକୁ ଗ୍ରାମବାସୀ ଦାବି କରିଛନ୍ତି।

## ବାଲ୍ୟ ବିବାହ ସମ୍ପର୍କରେ ପଞ୍ଚାୟତ, ବିଦ୍ୟାଳୟ, ସମ୍ପ୍ରଦାୟର କାର୍ଯ୍ୟକାରିତା ଏବଂ ଦାୟିତ୍ୱବୋଧ ନେଇ ସୁପ୍ରିମକୋର୍ଟ ନିର୍ଦ୍ଦେଶାବଳୀ ଜାରି କଲେ

ଭୁବନେଶ୍ୱର,(ପି.ଏନ):ବାଲ୍ୟ ବିବାହ ମୁକ୍ତ ଭାରତ ସହଭାଗୀ ତଥା ଓଡିଶା ଭିତ୍ତିକ ପିଟିସନକାରୀ ସୋସାଇଟି ଫର୍ ଏନଲାଇଟେନମେଣ୍ଟ ଆଣ୍ଡ ଭଲ୍ୟୁଣ୍ଟାରୀ ଆକ୍ସନ (ଏସଇଭିଏ) କୃତଜ୍ଞତା ଜଣାଇ କହିଛନ୍ତି, ସମାନ ମଡେଲରେ ସିଏମଏଫଆଇର ଅଂଶ ଭାବରେ ୨୦୦ରୁ ଅଧିକ ଏନଜିଓ କାର୍ଯ୍ୟ କରୁଛନ୍ତି । ୨୦୦ରୁ ଅଧିକ ଏନଜିଓର ମିଳିତ ମଞ୍ଚ ସିଏମଏଫଆଇ, କେବଳ ୨୦୨୩-୨୪ ମସିହାରେ ସମଗ୍ର ଭାରତରେ ୧, ୨୦,୦୦୦ରୁ ଅଧିକ ବାଲ୍ୟ ବିବାହ ବନ୍ଦ କରିଛନ୍ତି ।ଚ଼ାଇଲ୍ଡ ମ୍ୟାରେଜ୍ ଫ୍ରି ଇଣ୍ଡିଆ (ସିଏମ୍ଏଫ୍ ?ଆଇ) ମିଳିତ ସହଯୋଗୀ ସୋସାଇଟି ଫର୍ ଏନଲାଇଟେନମେଣ୍ଟ ଆଣ୍ଡ ଭଲ୍ୟୁଣ୍ଟାରୀ ଆକ୍ସନ (ଏସଇଭିଏ) ତଥା କାର୍ଯ୍ୟକର୍ତ୍ତା ନିର୍ମଳ ଗୋରାନାଙ୍କ ଦ୍ୱାରା ଦାଖଲ ହୋଇଥିବା ଏକ ଆବେଦନକୁ ଶୁଣିବା ପରେ ଭାରତର ସର୍ବୋଚ୍ଚ଼ ନ୍ୟାୟାଳୟ ଏକ ଗୁରୁତ୍ୱପୂର୍ଣ୍ଣ ରାୟ ଦେବା ସହିତ ଏକ ନିର୍ଦ୍ଦେଶନାମା ଜାରି କରିଛନ୍ତି ଯେଉଁଥିରେ ଗ୍ରାମ ସମ୍ପ୍ରଦାୟକୁ ସଚେତନ କରାଇବା ସହିତ ବାଲ୍ୟ ବିବାହର ସମାପ୍ତି ଉପରେ ଗୁରୁତ୍ୱ ଦିଆଯାଉଛି । ସର୍ବୋଚ୍ଚ଼ ଅଦାଲତଙ୍କ ଦ୍ୱାରା ଜାରି କରାଯାଇଥିବା ନିର୍ଦ୍ଦେଶାବଳୀ ନିଶ୍ଚିତ ଭାବରେ ୨୦୩୦ ସୁଦ୍ଧା ବାଲ୍ୟ ବିବାହର ଅନ୍ତ ଘଟାଇବ ବୋଲି ନିଶ୍ଚିତ କରି ଓଡିଶା ସ୍ଥିତ ଏନଜିଓ ସେବା (ଏସଇଭିଏ)ର ନିର୍ଦ୍ଦେଶକ ଅଳକା ସାହୁ ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି ଯେ, ଏହି ନିର୍ଦ୍ଦେଶାବଳୀ ସିଏମଏଫଆଇ ଅଭିଯାନର କାର୍ଯ୍ୟ ଏବଂ ବିଶ୍ୱାସକୁ ସମ୍ପୂର୍ଣ୍ଣ ରୂପେ ପ୍ରତିଫଳିତ କରୁଛି ଏବଂ ଏହା ଦର୍ଶାଉଛି ଯେ, ମିଳିତ ମଞ୍ଚର ୨୦୦ରୁ ଅଧିକ ଏନଜିଓ ଅଂଶୀଦାରମାନଙ୍କୁ ସାମିଲ କରାଯାଇ ନୂତନ ଭାବେ ସଶକ୍ତ କରାଯାଇଛି । ଉଲ୍ଲେଖଯୋଗ୍ୟ ଯେ ଦେଶରେ 'ବାଲ୍ୟ ବିବାହ ମୁକ୍ତ ଗ୍ରାମ" ପଦକ୍ଷେପ ଆରମ୍ଭ କରାଯିବାକୁ ଆପେକ୍ସ କୋର୍ଟ ନିର୍ଦ୍ଦେଶ ଦେଇଥିବାବେଳେ ଏହି ମିଳିତ ମଞ୍ଚ କେବଳ ୨୦୨୩-୨୪ ମସିହାରେ ସମଗ୍ର ଭାରତରେ ୫୦,୦୦୦ ରୁ ଅଧିକ 'ବାଲ୍ୟ ବିବାହ ମୁକ୍ତ ଗ୍ରାମ' ସୃଷ୍ଟି କରି ପାରିଛି । ଏହି ସାମ୍ବାଦିକ ସମ୍ମିଳନୀରେ ଓଡିଶା ରାଜ୍ୟ ଶିଶୁ ସୁରକ୍ଷା ଅଧିକାର ଆୟୋଗ (ଓଏସପିସିଆର)ର ଅଧ୍ୟକ୍ଷ ସସ୍ମିତା ନନ୍ଦ ଏବଂ ସିଏମଏଫଆଇ ସଂଯୋଜକ ରବିକାନ୍ତ ମଧ୍ୟ ସମ୍ବୋଧ୍ତ କରିଥିଲେ ଓ ପିଲାମାନଙ୍କୁ ସେମାନଙ୍କର ଅଧିକାର, ଯୌନ ଶିକ୍ଷା, ପଞ୍ଚାୟତ ଗଠନ, ବିଦ୍ୟାଳୟ କର୍ତ୍ତୃପକ୍ଷ ଏବଂ ବାଲ୍ୟ ବିବାହ ସୁରକ୍ଷା ଅଧିକାରୀଙ୍କୁ ସେମାନଙ୍କ ଆଖପାଖରେ ହେଉଥିବା ଏଭଳି କାର୍ଯ୍ୟ ପାଇଁ ଉତ୍ତରଦାୟୀ କରିବା ଉପରେ ଏକ ନିର୍ଦ୍ଦେଶନାମା ସମ୍ପର୍କରେ ଆପେକ୍ସ କୋର୍ଟ ମଧ୍ୟ ନିର୍ଦ୍ଦେଶ ଦେଇଛନ୍ତି। ଏହାର ପ୍ରତିରୋଧ, ସୁରକ୍ଷା ଏବଂ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ ନିଷେଧାଦେଶର ବାଲ୍ୟ ବିବାହ ଆଇନ (ପିସିଏମଏ) ୨୦୦୬ କାର୍ଯ୍ୟକାରୀ କରିବା ପାଇଁ ମଡେଲ ବ୍ୟବହାର କରାଯିବା ଉଚ଼ିତ୍ ବୋଲି ଶୀର୍ଷକୋର୍ଟ କହିଛନ୍ତି ଓ କୋର୍ଟ ଏହା ମଧ୍ୟ କହିଛନ୍ତି ଯେ, ଏହି ଉପାୟଟି ସମ୍ପ୍ରଦାୟ ଦ୍ୱାରା ପରିଚ଼ାଳିତ ହେବା ଉଚ଼ିତ ଏବଂ ବାଲ୍ୟ ବିବାହକୁ ରୋକିବାରେ ଶେଷ ପନ୍ଥା ଭାବରେ ବ୍ୟବହାର କରାଯିବା ଉଚ଼ିତ୍।

୨୦୩୦ ସୁଦ୍ଧା ଭାରତରେ ବାଲ୍ୟ ବିବାହ ବିଲୋପ କରିବାକୁ ଲକ୍ଷ୍ୟ ରଖାଯାଇଥିବା ନୂତନ ନିର୍ଦ୍ଦେଶନାମା ପାଇଁ ସୁପ୍ରିମକୋର୍ଟଙ୍କୁ ଗଭୀର କୃତଜ୍ଞତା ଜଣାଇ ଅଳକା ସାହୁ କହିଛନ୍ତି, 'ଏହି ନିର୍ଦ୍ଦେଶାବଳୀ ପାଇଁ ଆମେ ସୁପ୍ରିମକୋର୍ଟଙ୍କ ନିକଟରେ ଅଶେଷ..କୃତଜ୍ଞ ଓ ଯାହା ନିଶ୍ଚିତ କରିବ ଯେ ଭାରତ ଶୀର୍ଷବିନ୍ଦୁରେ ପହଞ୍ଚିବ ଏବଂ ୨୦୩୦ ସୁଦ୍ଧା ବାଲ୍ୟ ବିବାହ ମୁକ୍ତ ହେବ । ସେ କହିଛନ୍ତି ଯେ ଏହି ନୂତନ ନିର୍ଦ୍ଦେଶାବଳୀ ରାଜ୍ୟ ସରକାର ଏବଂ ଗ୍ରାମ କର୍ତ୍ତୃପକ୍ଷଙ୍କ ଦ୍ୱାରା କାର୍ଯ୍ୟକାରୀ ହେଲେ ଏହାର ପ୍ରଭାବ ବହୁଗୁଣିତ ହେବ ଏବଂ ବାଲ୍ୟ ବିବାହ ସମାପ୍ତ ହେବ ।

ସମସ୍ତ ଏନଜିଓ ସହଭାଗୀ, ସିଏମଏଫଆଇ ଅଭିଯାନର ଏକ ଅଂଶ ଭାବରେ, ଦେଶର ୪୦୦ରୁ ଅଧିକ ଜିଲ୍ଲାରେ ପିକେଟ(ପିଆଇସିକେଇଟି) ରଣନୀତି ଅନୁସରଣ କରୁଛନ୍ତି । ବାଲ୍ୟ ବିବାହ ମୁକ୍ତ ଭାରତ ଅଭିଯାନର ପ୍ରତିଷ୍ଠାତା ଭୁବନ ରିଭୁଙ୍କ ଦ୍ୱାରା ପିକେଟିଂ ରଣନୀତି ପ୍ରସ୍ତୁତ କରାଯାଇଛି। ଏନଜିଓ ସହଭାଗୀମାନଙ୍କ ବ୍ୟତୀତ ଏହି ରଣନୀତିକୁ ବିଭିନ୍ନ ସରକାରୀ ଏଜେନ୍ସି ମଧ୍ୟ ସମର୍ଥନ କରିଛନ୍ତି। ପିକେଟ୍ ପଲିସି, ଇନଷ୍ଟିଚ୍ୟୁସନ, କୋଲାବରେସନ, ନଲେଜ୍, ଇକୋସିଷ୍ଟମ୍ ଏବଂ ଟେକ୍ନୋଲୋଜି ଆଦିକୁ ଗଠିତ ଓ ଏହି ସାମଗ୍ରିକ ଆଭିମୁଖ୍ୟର ପ୍ରୟୋଗ ସହିତ ଗତ ଏକ ବର୍ଷ ମଧ୍ୟରେ ବାଲ୍ୟ ବିବାହ ମୁକ୍ତ ଭାରତ (ସିଏମଏଫଆଇ) ଅଭିଯାନ ଏବଂ ଏହାର ସହଯୋଗୀ ଏନଜିଓମାନେ ୧୨୦,୦୦୦ରୁ ଅଧିକ ବାଲ୍ୟ ବିବାହକୁ ସଫଳତାର ସହ ରୋକିଛନ୍ତି । ଏଥିସହ, ସରକାରୀ ଉଦ୍ୟମରେ ୧୧ଲକ୍ଷରୁ ଅଧିକ ଅସୁରକ୍ଷିତ ପିଲାଙ୍କୁ ବାଲ୍ୟ ବିବାହରୁ ରକ୍ଷା କରାଯାଇଛି। ନୂତନ ନିର୍ଦ୍ଦେଶାବଳୀ କିପରି ବାଲ୍ୟ ବିବାହ ମୁକ୍ତ ହେବା ଦିଗରେ ଦେଶର ଯାତ୍ରାକୁ ତ୍ୱରାନ୍ୱିତ କରିବ ସେ ବିଷୟରେ ଆଲୋଚ଼ନା କରି ରବିକାନ୍ତ କହିଛନ୍ତି, 'ବାଲ୍ୟ ବିବାହ ଏକ ଗୁରୁତ୍ୱପୂର୍ଣ୍ଣ ବିଶ୍ୱ ପ୍ରସଙ୍ଗ। ଏହି ନୀତି ମାଧ୍ୟମରେ ପିଲାମାନଙ୍କ ବିରୁଦ୍ଧରେ ହେଉଥ?ବା ଏହି ଗୁରୁତର ଅପରାଧର ମୁକାବିଲା କରିବାରେ ଭାରତ ଏକ ପ୍ରମୁଖ ଭୂମିକା ଗ୍ରହଣ କରୁଛି । ଏହା ମଧ୍ୟ ଆମକୁ ଅତ୍ୟକ ଆନନ୍ଦ ପ୍ରଦାନ କରେ ଯେ ମାନ୍ୟବର ସୁପ୍ରିମକୋର୍ଟଙ୍କ ଦ୍ୱାରା ଜାରି କରାଯାଇଥିବା ନିର୍ଦ୍ଦେଶାବଳୀ ଆମ ପିକେଟ୍ ରଣନୀତିର ଏକ ଅଂଶ ଭାବରେ ଆମ ଦ୍ୱାରା ଅଭ୍ୟାସ ହୋଇସାରିଛି ଯାହା ବାଲ୍ୟ ବିବାହ ମୁକ୍ତ ଭାରତ (ସିଏମଏଫଆଇ) ସହଭାଗୀମାନଙ୍କ ପାଇଁ ବ୍ଲୁ ପ୍ରିଣ୍ଟ ଅଟେ। ବାଲ୍ୟ ବିବାହର ମୁକାବିଲା କରିବାରେ ଉଲ୍ଲେଖନୀୟ କାର୍ଯ୍ୟ ପାଇଁ ଓଏସସିପିସିଆର ଚେୟାରମ୍ୟାନ୍ ମନ୍ଦାକିନୀ କର ସେବା ଏବଂ ସିଏମଏଫଆଇ ଅଭିଯାନକୁ ଅଭିନନ୍ଦନ ଜଣାଇଛନ୍ତି । ସେ କହିଛନ୍ତି, 'ଶିଶୁଙ୍କ ବିରୁଦ୍ଧରେ ବାଲ୍ୟ ବିବାହ ହେଉଛି ସବୁଠାରୁ ଖରାପ ଅପରାଧ; ଏହା ସେମାନଙ୍କର ପିଲାଦିନ, ସେମାନଙ୍କର ଭବିଷ୍ୟତକୁ ଛଡ଼ାଇ ନେଇଥାଏ ଏବଂ ଦେଶର ମେରୁଦଣ୍ଡକୁ ଦୁର୍ବଳ କରିଥାଏ । ସୁପ୍ରିମକୋର୍ଟର ନିର୍ଦ୍ଦେଶାବଳୀ ନିଶ୍ଚିତ କରିବ ଯେ ପ୍ରତ୍ୟେକ ରାଜ୍ୟର ପ୍ରତ୍ୟେକ ଗ୍ରାମ ଆମର ସମସ୍ତ ପିଲାଙ୍କ ଶିକ୍ଷା ତଥା ସଶକ୍ତିକରଣ ଉପରେ ଧ୍ୟାନ ଦେବା ଜରୁରୀ । ଏହି ଜଘନ୍ୟ ଅପରାଧକୁ ସମାପ୍ତ କରିବାରେ ସେମାନଙ୍କର ନିରନ୍ତର ଉଦ୍ୟମ ପାଇଁ ମୁଁ ବାଲ୍ୟ ବିବାହ ମୁକ୍ତ ଭାରତ ଅଭିଯାନ ଏବଂ ସେବାକୁ ମିଳିତ ଭାବେ ଅଭିନନ୍ଦନ ଜଣାଉଛି । ମୁଁ ନିଶ୍ଚିତ ଯେ, ଆମ ଦେଶକୁ ବାଲ୍ୟ ବିବାହରୁ ମୁକ୍ତ କରିବୁ । ' ବାଲ୍ୟ ବିବାହକୁ ବନ୍ଦ କରିବା ପାଇଁ କେନ୍ଦ୍ର ସରକାର ତଥା ରାଜ୍ୟ ସରକାରଙ୍କୁ ଦିଆଯାଇଥିବା ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶାବଳୀରେ ଆଇନ ଶୃଙ୍ଖଳା, ନ୍ୟାୟିକ ପଦକ୍ଷେପ, ସମ୍ପ୍ରଦାୟର ଯୋଗଦାନ, ସଚେତନତା ଅଭିଯାନ, ଦକ୍ଷତା ବୃଦ୍ଧି, ଶିକ୍ଷାଗତ ସହାୟତା ଏବଂ ରିପୋର୍ଟ ପାଇଁ ଟେକ୍ନୋଲୋଜି ଚ଼ାଳିତ ପଦକ୍ଷେପକୁ ଅନ୍ତର୍ଭୁକ୍ତ କରାଯାଇଛି। ପ୍ରଧାନ ବିଚ଼ାରପତି ଡି.ଓ୍ୱାଇ. ଚ଼ନ୍ଦ୍ରଚୂଡ଼ ଏବଂ ଜଷ୍ଟିସ୍ ଜେ.ବି ପାଦିରଓ୍ୱାଲା ଏବଂ ମନୋଜ ମିଶ୍ରଙ୍କୁ ନେଇ ଗଠିତ ବେଞ୍ଚ ଏହି ନିର୍ଦ୍ଦେଶନାମା ଜାରି କରିଛନ୍ତି। ଯେଉଁଥିରେ ଦର୍ଶାଯାଇଛି ଯେ, ଦେଶରେ ବାଲ୍ୟ ବିବାହର ଅବସ୍ଥା ଅତ୍ୟନ୍ତ ଭୟଙ୍କର । "ନିର୍ଦ୍ଦେଶପତ୍ର ଏବଂ ଆତ୍ମା" ରେ ବାଲ୍ୟ ବିବାହ ନିୟମ କାର୍ଯ୍ୟକାରୀ ହେଉନାହିଁ ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray